୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.251 Bhubaneswar Sunday November 17 2024 | ୨୬ତମ ବର୍ଷ ସଂଖ୍ୟା-୨୫୧ ଭୁବନେଶ୍ୱର, ରବିବାର, ନଭେମ୍ବର ୧୭, ୨୦୨୪ (୮ ପୃଷ୍ଠା) ମୂଲ୍ୟ-୧.୫୦ ₹1.50 (Air Surcharge - 0.50P) Member-INS

## ରାଜ୍ୟରେ ୫୦ବର୍ଷର ରାସ୍ତା ନିର୍ମାଣର ଆବଶ୍ୟକତାକୁ ଦୃଷ୍ଟିରୁ ରଖି ପ୍ରସ୍ତୁତ ହେବ ସ୍ୱତନ୍ତ୍ର ସଡକ ନୀତି: ପୂର୍ତ୍ତ ମନ୍ତ୍ରୀ

ଭୁବନେଶ୍ୱର,୧୬।୧୧(ପି.ଏନ): ରାଜ୍ୟରେ ଆଗାମୀ ୫୦ବର୍ଷର ରାସ୍ତା ନିର୍ମାଣର ଆବଶ୍ୟକତାକୁ ଦୃଷ୍ଟିରେ ରଖି ରାଜ୍ୟ ସରକାର 'ସ୍ୱତନ୍ତ୍ର ସଡକ ନୀତି' ପ୍ରସ୍ତୁତ କରିବେ । ଗମନାଗମନର ସୁଦୃଢ଼ୀକରଣ ଓ ନିର୍ମାଣଜନିତ ପ୍ରତିବନ୍ଧକକୁ ଦୂର କରି ରାଜ୍ୟରେ ରାସ୍ତା ନିର୍ମାଣ ପାଇଁ ଏକ ସ୍ୱତନ୍ତ୍ର ନୀତି ପ୍ରଣୟନ ନିମନ୍ତେ ରାଜ୍ୟ ସରକାର ଯୋଜନା ପ୍ରସ୍ତୁତ କରିଥିବା ଜଣାପଡିଛି । ଆଜି ଏନେଇ ପୂର୍ତ୍ତ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନଙ୍କ ଅଧ୍ୟକ୍ଷତାରେ ଉଚ୍ଚସ୍ତରୀୟ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି ।ବୈଠକରେ ହୋଇଥିବା ଆଲୋଚନା ଅନୁସାରେ, ଅନେକ ସମୟରେ ସମନ୍ୱୟ ଅଭାବ ଯୋଗୁ ରାସ୍ତା ନିର୍ମାଣ ଓ ମରାମତି ନେଇ ସମସ୍ୟା ଉପୁଜୁଛି । ଏହାର ନିରାକରଣ ସହିତ ଆଗାମୀ ୫୦ବର୍ଷକୁ ଦୃଷ୍ଟିରେ ରଖି ରାସ୍ତାନିର୍ମାଣକୁ ନେଇ ଏକ ସ୍ୱତନ୍ତ୍ର ନୀତି ପ୍ରଣୟନର ଆବଶ୍ୟକତା ରହିଛି ବୋଲି ମନ୍ତ୍ରୀ ଶ୍ରୀ ହରିଚନ୍ଦନ ମତବ୍ୟକ୍ତ କରିଛନ୍ତି । ଜାତୀୟ ରାଜପଥ ଓ ରାଜ୍ୟ ରାଜପଥକୁ ମିଶାଇ ପୂର୍ତ୍ତ, ଗ୍ରାମ୍ୟ ଉନ୍ନୟନ, ନଗର ଉନ୍ନୟନ, ପଂଚାୟତିରାଜ ଓ ବିଭିନ୍ନ ମହାନଗର ନିଗମ ଅଧୀନରେ ଅନେକଗୁଡିଏ ରାସ୍ତା ରହିଛି । ଏହି ସମସ୍ତ ରାସ୍ତାକୁ ଦୃଷ୍ଟିରେ ରଖି ଏହି ନୀତି ପ୍ରଣୟନ କରାଯିବ । ବିଭିନ୍ନ ରାସ୍ତାଗୁଡିକର ସ୍ଥିତି ନେଇ ଏକ ଡାଟାବେସ୍ ପ୍ରସ୍ତୁତ, ଆଗାମୀ ଦିନରେ ହେବାକୁ ଥିବା ଟ୍ରାଫିକ ସମସ୍ୟାର ସମାଧାନ ନେଇ ରୋଡମ୍ୟାପ୍ , ଆବଶ୍ୟକତାକୁ ଦୃଷ୍ଟିରେ ରଖି ନୂଆ ରାସ୍ତା ନିର୍ମାଣ, ପୁରଣା ରାସ୍ତାର ମରାମତି, ସେତୁ ନିର୍ମାଣ, ଘରୋଇ ଜମି ଅଧିଗ୍ରହଣ ଓ ଜଙ୍ଗଲ ଜମି ଅଧିଗ୍ରହଣ ଉପରେ ଦୃଷ୍ଟି ଦେଇ ନୀତି ପ୍ରଣୟନ କରିବାକୁ ମନ୍ତ୍ରୀ ଶ୍ରୀ ହରିଚନ୍ଦନ ନିର୍ଦ୍ଦେଶ ଦେଇଛନ୍ତି ।



## ବାଇଡେନଙ୍କ ପରି ମୋଦିଙ୍କ ମେମୋରି ଲସ୍ ହୋଇଗଲାଣି



ଭୁବନେଶ୍ୱର,୧୬।୧୧(ପି.ଏନ): ମହାରାଷ୍ଟ୍ରରେ ଏକ ନିର୍ବାଚନ ରାଲିକୁ ସମ୍ବୋଧିତ କରି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କୁ କଟାକ୍ଷ କରିଛନ୍ତି କଂଗ୍ରେସ ସାଂସଦ ରାହୁଲ ଗାନ୍ଧି । ପ୍ରଧାନମନ୍ତ୍ରୀ ମୋଦି ଆମେରିକାର ପୂର୍ବତନ ରାଷ୍ଟ୍ରପତି ଜୋ ବାଇଡେନଙ୍କ ଭଳି ସ୍ମୃତିଶକ୍ତି ହରାଇ ବସିଲେଣି । ମୋଦି ଏବେ ଆମେ ଯାହା କହୁଛୁ ତାହା କହୁଛନ୍ତି ବୋଲି ରାହୁଲ ଗାନ୍ଧି ଅଭିଯୋଗ କରିଛନ୍ତି ।ସେ କହିଛନ୍ତି, ବାଇଡେନ ଯେମିତି ୟୁକ୍ରେନ ରାଷ୍ଟ୍ରପତିଙ୍କୁ ରୁଷ ରାଷ୍ଟ୍ରପତି କହୁଥିଲେ, ମୋଦି ସେମିତି ଆମ କଥାକୁ କହୁଛନ୍ତି । ରାହୁଲ ଗାନ୍ଧି କହିଛନ୍ତି, 'ମୋ ଭଉଣୀ (ପ୍ରିୟଙ୍କା ଗାନ୍ଧି) ମୋଦିଙ୍କ ଭାଷଣ ଶୁଣିଥିବା କଥା କହୁଥିଲେ। ମୋଦି ଆଜିକାଲି ଆମେ ଯାହା କହୁଛୁ ତାହା ଦୋହରାଉଛନ୍ତି ବୋଲି ମୋ ଭଉଣୀ ମୋତେ କହିଛନ୍ତି । ବୋଧହୁଏ ସେ ସ୍ମୃତି ଶକ୍ତି ହରାଇ ବସିଛନ୍ତି । ଆମେରିକାର ପୂର୍ବତନ ରାଷ୍ଟ୍ରପତି ଜୋ ବାଇଡେନଙ୍କ ପରି ସେ ମଧ୍ୟ ଭୁଲି ଯାଉଛନ୍ତି, କଣ କହିବେ କଣ କହିବେନି ମନେ ରଖିପାରୁ ନାହାନ୍ତି ।'

## ଖତଗଦା ନା ଟଙ୍କାଗଦା, ଖତ ତଳୁ ବାହାରୁଛି ବିଡ଼ା ବିଡ଼ା ଟଙ୍କା, ଖୋଳି ଖୋଳି ପୋଲିସ ନୟାନ୍ତ

ବାଲେଶ୍ୱର,୧୬।୧୧(ପି.ଏନ): ଖତ ତଳୁ ବାହାରୁଛି ଲକ୍ଷ ଲକ୍ଷ ଟଙ୍କା। ଯେତେ ଖୋଳୁଛନ୍ତି ସେତେ ବିଡା ବିଡା ନୋଟ ବାହାରୁଛି। ପୋଲିସ ଖତ ଖୋଳି ଖୋଳି ପୁରା ହାଲିଆ ହୋଇଯାଇଛି। ଶେଷରେ ଖତ ତଳୁ ବାହାରିଛି ୨୧ ଲକ୍ଷ ଟଙ୍କା। ହଁ ଆଜ୍ଞା, ପୁଅକୁ ବଞ୍ଚାଇବାକୁ ଯାଇ ମା ଖତ ତଳେ ପୋତିଥିଲା ଟଙ୍କା । ହେଲେ ପୋଲିସ ସୁଙ୍ଘି ସୁଙ୍ଘି ସବୁ ଟଙ୍କାକୁ ପାଇ ଯାଇଛି। ସୂଚନା ମୁତାବିକ ଏତେ ଟଙ୍କା ଖତ ତଳେ କେମିତି ଆସିଲା ଭାବୁଥିଲେ। ତେବେ ଏହି ସବୁ ଟଙ୍କା ହେଉଛି ଚୋରି ଟଙ୍କା।ପୁଅର ଚୋରି ଟଙ୍କାକୁ ଖତ ତଳେ ଲୁଚାଇ ରଖିଲେ ପୁରା ପରିବାର। ଅଭିଯୋଗ ମୁତାବିକ ଗତ ୮ରୁ ୧୦ ତାରିଖରେ ବ୍ୟାଙ୍କ ଛୁଟି ଥିଲା। ତେବେ ଟଙ୍କା ଡିପୋଜିଟ ନକରି ଚୋରୀ କରିଥିଲା ଅଭିଯୁକ୍ତ ଗୋପାଳ ବେହେରା। ବ୍ୟାଙ୍କରେ ଥୋଇବା ବଦଳରେ ଘରକୁ ନେଇଥିଲା। ଗୋପାଳ ହାଇଦ୍ରାବାଦରେ ଏକ ଘରୋଇ କମ୍ପାନୀରେ ଚାକିରି କରିଥିଲେ। ତେବେ ନାମପଲି ଷ୍ଟେସନରେ ନିଜ ଶାଳକ ରବିନ୍ଦ୍ର ବେହେରାଙ୍କ ହାତରେ ଟଙ୍କା ଦେଇ ଘରକୁ ପଠାଇଥିଲା। ହାଇଦ୍ରାବାଦରେ ଦୀର୍ଘଦିନ ହେବା ଚାକିରି କରିଥିଲେ ଗୋପାଳ। କମ୍ପାନୀର ପୁରା ବିଶ୍ୱସ୍ତ ରହିଥିଲେ ଗୋପାଳ। ସେଥିପାଇଁ ତାଙ୍କୁ ଟଙ୍କା ଡିପୋଜିଟ କରିବା ପାଇଁ କୁହାଯାଉଥିଲା। ସିସିଟିଭିରେ ସବୁ ଚିତ୍ର କଏଦ ହୋଇଥିଲା। ଜଳେଶ୍ୱର ଷ୍ଟେସନରେ ରବିନ୍ଦ୍ର ତାଙ୍କ ମା-ବାପାଙ୍କୁ ଦେଇଥିଲେ ଏହି ଟଙ୍କା ଭର୍ତ୍ତି ବ୍ୟାଗ୍। ଏହା ପରେ ପୁଣିଥରେ ନାମପଲି ଯାଇ କମ୍ପାନୀରେ ଚାକିରି କରିଥିଲେ। ତେବେ ପୋଲିସ ଜାଣିପାରି ହଠାତ ପହଞ୍ଚିଥିଲା ବଡବନ୍ଦାଳି ଗାଁରେ। ଉମାକାନ୍ତ ବେହେରା ଏବଂ ବାସନ୍ତି ବେହେରାଙ୍କ ଘରେ ଛାନଭିନ କରିଥିଲା। ଆଉ ଖୋଜୁ ଖୋଜୁ ଖତ ତଳୁ ମିଳିଥିଲା ବିଡା ବିଡା ନୋଟ।

## ଅବକାରୀ ବିଭାଗରେ ମାଲମାଲ ମାଫିଆ କର୍ମଚାରୀ



ଭୁବନେଶ୍ୱର,୧୬।୧୧(ପିଏନ):ଅବକାରୀ ବିଭାଗରେ ମାଲମାଲ ମାଫିଆ କର୍ମଚାରୀ। କିଏ ଚୋରା ମଦ କାରବାର କରୁଛନ୍ତି ତ ଆଉ କିଏ ଗଞ୍ଜେଇ ମାଫିଆଙ୍କ ସୁରକ୍ଷା କବଚ ପାଲଟିଛନ୍ତି। କାହା ନାଁରେ ଏକାଧିକ ମଦ କାଉଣ୍ଟର ତ ଆଉ କିଏ ଜବତ ହୋଇଥିବା କ୍ୱିଣ୍ଟାଲ କ୍ୱିଣ୍ଟାଲ ଗଞ୍ଜେଇକୁ ନେଇ ବେପାର କରୁଛନ୍ତି। ଏପରି ଅଫିସର ମଧ୍ୟ ଅଛନ୍ତି ଯେଉଁମାନେ ଧଳା ଜହର ବେପାରୀଙ୍କଠାରୁ ମାସିକ ସେୟାର ନେଉଥିବା ପ୍ରମାଣ ଅବକାରୀ କମିଶନରଙ୍କ ହାତରେ ଲାଗିଛି।

## ନିଯୁକ୍ତି ପାଇବେ ଆଉ ୫ ହଜାର ଡାକ୍ତର: ଘୋଷଣା କଲେ ସ୍ୱାସ୍ଥ୍ୟମନ୍ତ୍ରୀ ମୁକେଶ ମହାଲିଙ୍ଗ

ଭୁବନେଶ୍ୱର,୧୬।୧୧(ପି.ଏନ): ରାଜ୍ୟର ସ୍ୱାସ୍ଥ୍ୟସେବାକୁ ନେଇ ଏକ ବଡ ଘୋଷଣା କରିଛନ୍ତି ସ୍ୱାସ୍ଥ୍ୟମନ୍ତ୍ରୀ ମୁକେଶ ମହାଲିଙ୍ଗ । ଖୁବଶୀଘ୍ର ୫ ହଜାରରୁ ଅଧିକ ଡାକ୍ତରଙ୍କୁ ନିଯୁକ୍ତ ପ୍ରଦାନ କରାଯିବ ବୋଲି କହିଛନ୍ତି ସ୍ୱାସ୍ଥ୍ୟମନ୍ତ୍ରୀ । ଚଳିତ ଆର୍ଥିକ ବର୍ଷରେ ୫ ହଜାର ଡାକ୍ତରଙ୍କୁ ନିଯୁକ୍ତି ଦିଆଯିବ ବୋଲି ସେ ପ୍ରକାଶ କରିଛନ୍ତି । ଏହାସହିତ ୩ ହଜାର ପାରାମେଡିକସଙ୍କୁ ମଧ୍ୟ ନିଯୁକ୍ତି ଦିଆଯିବ । ଏଥିପାଇଁ ସରକାରଙ୍କ ତରଫରୁ ପ୍ରକ୍ରିୟା ଆରମ୍ଭ ହୋଇସାରିଛି ।ସେହିପରି ଆଗାମୀ ଆର୍ଥିକ ବର୍ଷରେ ଆଉ ୨ଟି ମେଡିକାଲ କଲେଜର କାର୍ଯ୍ୟକ୍ଷମ ହେବାକୁ ଯୋଜନା ରହିଛି । ରାଜ୍ୟର ପ୍ରତ୍ୟେକ ଜିଲ୍ଲାରେ ଅତିକମ୍ ରେ ଗୋଟିଏ ଲେଖାଏଁ ମେଡିକାଲ କଲେଜ କାର୍ଯ୍ୟକ୍ଷମ କରିବା ନେଇ ସରକାର ଲକ୍ଷ୍ୟ ରଖିଛନ୍ତି । ଏହାସହିତ ସମସ୍ତ କଲେଜରେ ପିଜି ଖୋଲିବା ପାଇଁ ମଧ୍ୟ ଲକ୍ଷ୍ୟ ରଖାଯାଇଛି । ବର୍ତ୍ତମାନ ମେଡିକାଲ କଲେଜରେ ୧୫୦୦ ପିଜି ସିଟ୍ ରହିଛି । ତେଣୁ ଏହାକୁ ବଢାଇବା ପାଇଁ ପଦକ୍ଷେପ ଗ୍ରହଣ କରାଯିବ । ସ୍ୱାସ୍ଥ୍ୟସେବାକୁ ସରଳରୁ ଅତି ସରଳ କରିବାକୁ ବ୍ୟବସ୍ଥା କରାଯାଉଛି ବୋଲି କହିଛନ୍ତି ମୁକେଶ ମହାଲିଙ୍ଗ । ସବୁ ପଞ୍ଚାୟତରେ ଆରୋଗ୍ୟ ମନ୍ଦିର ହେବ ଏବଂ ଗରେ ଘରେ ଉଚିତ ସମୟରେ ଉପଯୁକ୍ତ ଚିକିତ୍ସା ପହଞ୍ଚିପାରିବ ବୋଲି ଘୋଷଣା କରିଛନ୍ତି ସ୍ୱାସ୍ଥ୍ୟମନ୍ତ୍ରୀ ମୁକେଶ ମହାଲିଙ୍ଗ ।



## ମଣିପୁରରେ ପୁଣି କର୍ଫ୍ୟୁ, ୭ ଜିଲ୍ଲାରେ ଇଣ୍ଟରନେଟ ବନ୍ଦ



ଭୁବନେଶ୍ୱର,୧୬।୧୧(ପି.ଏନ): ହିଂସା ପ୍ରଭାବିତ ମଣିପୁରରେ ପୁଣି ଜାରି ହେଲା କର୍ଫ୍ୟୁ। ଇମ୍ଫାଲ ୱେଷ୍ଟ ଏବଂ ଇମ୍ଫାଲ ଇଷ୍ଟରେ କର୍ଫ୍ୟୁ ଲାଗୁ କରାଯିବା ସହିତ ସାତଟି ଜିଲ୍ଲାରେ ଇଣ୍ଟରନେଟ ସେବା ବନ୍ଦ କରିଦିଆଯାଇଛି। ମେଡେଇ ସମ୍ପ୍ରଦାୟର ୬ ଜଣଙ୍କୁ ଅପହରଣ ଓ ପରେ ସେମାନଙ୍କ ମୃତଦେହ ମିଳିବା ପରେ ଏହି ଜିଲ୍ଲାଗୁଡ଼ିକରେ ପୁଣିଥରେ ହିଂସା ଉଗ୍ରରୂପ ନେବାକୁ ଲାଗିଛି ।ଏହି ଉତ୍ତର-ପୂର୍ବ ରାଜ୍ୟରେ ଜାରି ରହିଥିବା ଅପ୍ରୀତିକର ପରିସ୍ଥିତିକୁ ଦୃଷ୍ଟିରେ ରଖି ଇମ୍ଫାଲ ପଶ୍ଚିମ, ଇମ୍ଫାଲ ପୂର୍ବ, ବିଷ୍ଣୁପୁର, ଥୋବାଲ, କାକଚିଙ୍ଗ, କାଙ୍ଗପୋକପି ଏବଂ ଚୁରାଚାନ୍ଦପୁର ଜିଲ୍ଲାରେ ଦୁଇ ଦିନ ପାଇଁ ଇଣ୍ଟରନେଟ ବନ୍ଦ କରିଦିଆଯାଇଛି। ଇମ୍ଫାଲ ଉପତ୍ୟକାର କେତେକ ଜିଲ୍ଲାରେ ବ୍ୟାପକ ହିଂସା ହୋଇଥିବା ଜଣାପଡ଼ିଛି। ଆନ୍ଦୋଳନକାରୀମାନେ ଅନେକ ବିଧାୟକଙ୍କ ଘରେ ପଶି ଅନେକ ସମ୍ପତ୍ତି ନଷ୍ଟ କରିଦେଇଥିବା ଖବର ମଧ୍ୟ ଆସିଛି ।ଖବର ଅନୁସାରେ ଏକ ଗୋଷ୍ଠୀ ସପାମ ନିଶିକାନ୍ତ ସିଂହ(ବିଧାୟକ)ଙ୍କ ଘର ଉପରେ ଆକ୍ରମଣ କରି ଗେଟ୍ ଏବଂ ଗେଟ୍ ସମ୍ମୁଖରେ ନିର୍ମିତ ବଙ୍କରଗୁଡ଼ିକୁ ନଷ୍ଟ କରିଦେଇଛନ୍ତି। ସମାନ ଗୋଷ୍ଠୀର ପ୍ରଦର୍ଶନକାରୀମାନେ ଇମ୍ଫାଲ ପଶ୍ଚିମ ଜିଲ୍ଲାର ସାଗୋଲବନ୍ଦରେ ବିଧାୟକ ଆର.କେ ଇମୋଙ୍କ ଘର ଉପରେ ମଧ୍ୟ ଆକ୍ରମଣ କରି ଆସବାବପତ୍ର ପୋଡିବା ସହ ଝରକା କବାଟ ଭାଙ୍ଗିଦେଇଛନ୍ତି।

## ଜମ୍ମୁ-କଶ୍ମୀରରେ ବେକାରୀ ହାର ଦେଶରେ ସର୍ବାଧିକ

ଭୁବନେଶ୍ୱର,୧୬।୧୧(ପି.ଏନ): ଜମ୍ମୁ କଶ୍ମୀରରେ ବେକାରୀ ହାରରେ ବହୁମାତ୍ରାରେ ବୃଦ୍ଧି ଘଟିଛି। ଜମ୍ମୁ କଶ୍ମୀର ସରକାରଙ୍କ ନିଯୁକ୍ତି ନିର୍ଦ୍ଦେଶାଳୟ (ଉକ୍ଟର)ର ୨୦୨୪ ପ୍ରଥମ ତ୍ରୟମାସିକ ତଥ୍ୟ ଅନୁଯାୟୀ ରାଜ୍ୟରେ ୩.୫୨ ଲକ୍ଷ ଯୁବକ ବେକାର ଅଛନ୍ତି। ଏମାନଙ୍କ ମଧ୍ୟରୁ ୧.୦୯ ଲକ୍ଷ ଯୁବକ ସ୍ନାତକ ଏବଂ ସ୍ନାତକୋତ୍ତର ଶିକ୍ଷା ହାସଲ କରିଛନ୍ତି, ଯେଉଁମାନେ ରାଜ୍ୟର ସମୁଦାୟ ବେକାରୀର ୩୧ ପ୍ରତିଶତ ।ସେଣ୍ଟର ଫର ମନିଟରିଂ ଇଣ୍ଡିଆନ୍ ଇକୋନୋମି (ଉଗଓର) ରିପୋର୍ଟ ଅନୁଯାୟୀ ଜମ୍ମୁ କଶ୍ମୀରରେ ବେକାରୀ ହାର ୨୩.୧ ପ୍ରତିଶତ ଅଟେ, ଯାହା ସମଗ୍ର ଭାରତରେ ଅନ୍ୟ କୌଣସି ରାଜ୍ୟ ବା କେନ୍ଦ୍ରଶାସିତ ଅଞ୍ଚଳ ତୁଳନାରେ ସର୍ବାଧିକ। ଏହି ସଂଖ୍ୟା ରାଜ୍ୟରେ ଭୟଙ୍କର ବେକାରୀ ସମସ୍ୟାକୁ ଦର୍ଶାଉଛି। ରୋଜଗାର ନିର୍ଦ୍ଦେଶକ ନିସାର ଅହମ୍ମଦ ୱାନୀଙ୍କ କହିବା ଅନୁଯାୟୀ, ୨୦୨୩ର ଶେଷ ତ୍ରୟମାସିକ ରିପୋର୍ଟ ତୁଳନାରେ ସ୍ନାତକ ଏବଂ ସ୍ନାତକୋତ୍ତର ଡିଗ୍ରୀ ହାସଲ କରିଥିବା ବେକାରୀଙ୍କ ସଂଖ୍ୟା ୧୦ ହଜାର ବୃଦ୍ଧି ପାଇଛି। ପଦବୀ ଖାଲି ଅଛି, ବାହାରୁନି ବିଜ୍ଞପ୍ତି ତେବେ ୨୦୨୩ରେ ସରକାରୀ ଅର୍ଥନୈତିକ ସର୍ଭେ ? ଅନୁସାରେ ଜମ୍ମୁ କଶ୍ମୀରରେ ବେକାରୀ ହାରରେ ହ୍ରାସ ଘଟିଛି। ଏହା ୨୦୧୯-୨୦ରେ ୬.୭% ରୁ ୨୦୨୧-୨୨ରେ ୫.୨% କୁ ହ୍ରାସ ପାଇଥିଲା। ୨୦୨୨ ମସିହାର ଶେଷ ତ୍ରୟମାସିକ (ଅକ୍ଟୋବର-ଡିସେମ୍ବର) ରିପୋର୍ଟ ଅନୁସାରେ ରାଜ୍ୟରେ ସହରୀ ବେକାରୀ ହାର ୧୩.୫% ରେକର୍ଡ ହୋଇଥିବାବେଳେ ଜାତୀୟ ବେକାରୀ ହାରର ଏହା ୮.୨% ଥିଲା। ଶିକ୍ଷା ଏବଂ ସାଧାରଣ ପ୍ରଶାସନ ଭଳି କ୍ଷେତ୍ରରେ ୩ ଲକ୍ଷରୁ ଅଧିକ ପଦବୀ ଖାଲି ଥାଇ ମଧ୍ୟ ରାଜ୍ୟରେ ବେକାରୀ ସମସ୍ୟା ଶିଖରରେ ପହଞ୍ଚିଛି। ଯୋଗ୍ୟ ପ୍ରାର୍ଥୀମାନେ ଏହି ଖାଲି ଥିବା ପଦବୀ ପାଇଁ ଆବେଦନ ବିଜ୍ଞପ୍ତିକୁ ଚାହିଁ ରହିଛନ୍ତି।



## ବିଜେଡିକୁ ଝଟ୍କା, ଅନାସ୍ଥାରେ ହାରିଲେ ବ୍ଲକ୍ ଅଧକ୍ଷା



ଭୁବନେଶ୍ୱର,୧୬।୧୧(ପି.ଏନ): ବିଜେଡିକୁ ବଡ ଝଟ୍କା। ବିଜେଡି ହାତରୁ ଗଲା ଆଉ ଗୋଟିଏ ବ୍ଲକ୍ ?। ଅନାସ୍ଥାରେ ହାରିଲେ ଢେଙ୍କାନାଳ ସଦର ବ୍ଲକ୍ ଅଧକ୍ଷା ରାଜଶ୍ରୀ ନାୟକ। ଆଜି ହୋଇଥିବା ଅନାସ୍ଥା ଭୋଟ୍ରେ ୧୭ ଜଣ ଅଧକ୍ଷାଙ୍କୁ ସମର୍ଥନ କରିଥିଲେ। କିନ୍ତୁ ୪୪ ଖଣ୍ଡ ଭୋଟ୍ ଅନାସ୍ଥା ସପକ୍ଷରେ ପଡିଥିଲା। ଖଣ୍ଡିଏ ଭୋଟ୍ ନାକଚ ହୋଇଥିଲା ।ଢେଙ୍କାନାଳ ସଦର ବ୍ଲକରେ ବିଜେଡି ସମର୍ଥିତ ରାଜଶ୍ରୀ ନାୟକ ଅଧକ୍ଷା ଭାବେ ନିର୍ବାଚିତ ହୋଇଥିଲେ। ତେବେ ସାଧାରଣ ନିର୍ବାଚନରେ ବିଜେଡିର ସୋଚନୀୟ ପରାଜୟ ହୋଇଥିଲା। ଏହା ପରେ ଦଳ ଭୁଶୁଡିବା ଆରମ୍ଭ କରିଥିଲା। ଜଣେ ପରେ ଜଣେ ନେତା ବିଜେଡି ଛାଡି ବିଜେପିରେ ଯୋଗଦେଇଥିଲେ। ଶେଷ ବ୍ଲକ ଅଧକ୍ଷାଙ୍କ ବିରୋଧରେ ଆସିଥିଲା ଅନାସ୍ଥା ପ୍ରସ୍ତାବ।

## ଅନ୍ୟ ରାଜ୍ୟ ଭଳି ଓଡିଶାର ଦୁଗ୍ଧ ଚାଷୀଙ୍କ ଆକାଉଣ୍ଟକୁ ଯିବ ଟଙ୍କା': ମତ୍ସ୍ୟ ଓ ପଶୁ ସମ୍ପଦ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକଙ୍କ ନିର୍ଦ୍ଦେଶ

ଭୁବନେଶ୍ୱର,୧୬।୧୧(ପି.ଏନ): ଖୁବଶୀଘ୍ର ରାଜ୍ୟର ଦୁଗ୍ଧ ଚାଷୀଙ୍କ ପାଇଁ ଲାଗୁ ହେବ ଡିବିଟି । ଏନେଇ ମତ୍ସ୍ୟ ଓ ପଶୁ ସଂପଦ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ ପ୍ରତିକ୍ରିୟା ରଖିଛନ୍ତି । ସେ କହିଛନ୍ତି ଯେ, ଅନ୍ୟ ରାଜ୍ୟ ଭଳି ଓଡିଶାର ଦୁଗ୍ଧ ଚାଷୀଙ୍କ ଆକାଉଣ୍ଟକୁ ଯିବ ଟଙ୍କା । ପଞ୍ଚାୟତ କ୍ଷୀର ଧାରା କେନ୍ଦ୍ରରେ କ୍ଷୀର ଦେଲେ ଆକାଉଣ୍ଟକୁ ଟଙ୍କା ଯିବ । ସିଧାସଳଖ ଡିବିଟି ମାଧ୍ୟମରେ ଦୁଗ୍ଧ ଚାଷୀଙ୍କ ଆକାଉଣ୍ଟକୁ ଯିବ ଟଙ୍କା ।ରାଜ୍ୟରେ ଖୋଲିବ ଆଉ ୩ଟି ନୂଆ ଡାଏରୀ ପ୍ଲାଣ୍ଟ । ସମ୍ବଲପୁର, ବାଲେଶ୍ୱର ଓ ଗଞ୍ଜାମରେ ନୂଆ ଓମଫେଡ୍ ପ୍ଲାଣ୍ଟ ଖୋଲିବା ନେଇ ସମୀକ୍ଷା ବୈଠକ ପରେ ପଶୁ ସମ୍ପଦ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ ସୂଚନା ଦେଇଛନ୍ତି । ଏହା ସହ ଖୁବଶୀଘ୍ର ଦୁଗ୍ଧ ଚାଷୀଙ୍କ ପାଇଁ ଡିବିଟି ଲାଗୁ ହେବ ବୋଲି ସେ କହିଥିଲେ ।ଓମଫେଡ୍ କ୍ୱାଲିଟି ଓ କ୍ୱାଣ୍ଟିଟି ପାଇଁ ପ୍ଲାଣ୍ଟରେ ସିସିଟିଭି ସୁବିଧା ରହିବ । ଖୁବ ଶୀଘ୍ର ଓମଫେଡ୍ ପାଣି ଓ ଚକଲେଟ୍ ବଜାରକୁ ଆସିବ । ବିଭିନ୍ନ ପଞ୍ଚାୟତରେ ଓମଫେଡ୍ ପାର୍ଲର ଓ କ୍ଷୀର ଧାରା ମିଶନ ଖୋଲିବ । ସ୍ଥାନରେ ଓମଫେଡ୍ ପାର୍ଲର ଖୋଲାଯିବ । ଏବେ ୨୦ଟି କ୍ଷୀର ଧାରାକେନ୍ଦ୍ର ଖୋଲିଥିବା ବେଳେ ପର୍ଯ୍ୟାୟକ୍ରମେ ଆଉ ଖୋଲାଯିବ ବୋଲି ମନ୍ତ୍ରୀ କହିଛନ୍ତି । କ୍ଷୀରଧାରା କେନ୍ଦ୍ରରେ କ୍ଷୀର ଦେଲେ ଡିବିଟି ଜରିଆରେ ଦୁଗ୍ଧଚାଷୀଙ୍କ ଆକାଉଣ୍ଟକୁ ସିଧାସଳଖ ଟଙ୍କା ଯିବ । ଏହି ପରିପ୍ରେକ୍ଷୀରେ ଶୀଘ୍ର ଡିବିଟି ଲାଗୁ କରିବାକୁ ମନ୍ତ୍ରୀ ନିର୍ଦ୍ଦେଶ ଦେଇଛନ୍ତି ।






# କାଂଚୀ କାମାକ୍ଷୀ ଶକ୍ତିପୀଠ, ତାମିଲନାଡୁ

କାଂଚିପୁରମ୍ ର ହୃଦୟସ୍ଥଳ ହେଉଛି କାଂଚି କାମାକ୍ଷୀ ମନ୍ଦିର। ବସ୍ତୁତଃ ସଂପୂର୍ଣ୍ଣ କାଂଚିପୁରମ୍ ନଗରୀ କାମାକ୍ଷୀ ମନ୍ଦିରର ଚାରି ପାଖରେ ଘେରି ରହିଛି। ଭଗବାନ ଶିବ ଓ ଭଗବାନ ବିଷ୍ଣୁଙ୍କ ଭଳି ଅନେକ ଦେବୀ ଦେବତା ମଧ୍ୟ କାଂଚି କାମାକ୍ଷୀ ମନ୍ଦିରକୁ ଘେରି ରହିଛନ୍ତି। କାଂଚି କାମାକ୍ଷୀ ମନ୍ଦିରକୁ ଆନନ୍ଦରେ କାମାକ୍ଷୀ ଅମ୍ମା ମନ୍ଦିର ବୋଲି ମଧ୍ୟ କୁହାଯାଏ। କାଂଚି କାମାକ୍ଷୀ ମନ୍ଦିରର ଗୋଟିଏ ପାର୍ଶ୍ୱରେ ଶିବ କାଂଚି ଅର୍ଥାତ୍ ବଡ଼ କାଂଚି ଅବସ୍ଥିତ। ଏଠାରେ କେତେକ ବିଷ୍ଣୁ ମନ୍ଦିର ସହିତ ଅନେକ ଶିବ ମନ୍ଦିର ସ୍ଥାପିତ ହୋଇଛି। କାଂଚି କାମାକ୍ଷୀ ମନ୍ଦିରର ଅନ୍ୟ ପାର୍ଶ୍ୱରେ ବିଷ୍ଣୁ କାଂଚି ଅର୍ଥାତ୍ ଛୋଟ କାଂଚି ଅବସ୍ଥିତ। ସେଠାରେ ମଧ୍ୟ କେତୋଟି ବିଶାଳ ବିଷ୍ଣୁ ମନ୍ଦିର ତଥା କେତୋଟି ଶିବ ମନ୍ଦିର ମଧ୍ୟ ରହିଛି।

ଏଠାରେ କାମାକ୍ଷୀ ମନ୍ଦିରର ଅସ୍ତିତ୍ୱ ଅନନ୍ତ କାଳରୁ ଅବସ୍ଥିତ ଥିବା କୁହାଯାଏ। ରେକର୍ଡ଼ ଅନୁଯାୟୀ ମନ୍ଦିରର ଶ୍ରୀ ଚକ୍ର କୁ ଆଦି ଶଙ୍କରାଚାର୍ଯ୍ୟ ହିଁ ସ୍ଥାପନା କରିଥିଲେ। ୫ମ ରୁ ୮ମ ଶତାବ୍ଦୀ ମଧ୍ୟରେ କେଉଁ ଏକ ସମୟରେ ଏହି ସ୍ଥାପନା କାର୍ଯ୍ୟ ହୋଇଥିବା ଅନୁମାନ କରାଯାଉଛି। ପୁରାତାତ୍ତ୍ୱିକ ସାହିତ୍ୟ ଅନୁସାରେ ଏହି ମନ୍ଦିର ପ୍ରାୟ ୧୩୦୦ ବର୍ଷର ପୁରାତନ। ହୁଏତ ଏଠାରେ ପଲ୍ଲବ ସମ୍ରାଟଙ୍କ ଆଧିପତ୍ୟ ଥିଲା ଓ କାଂଚି ପୁରମ୍ ତାଙ୍କ ରାଜଧାନୀ ଥିଲା ବୋଲି କୁହାଯାଉଛି। ସେ ଯାହାହେଉ କାମାକ୍ଷୀ ଦେବୀ ହିଁ କାଂଚିର ଅଧିଷ୍ଠାତ୍ରୀ ଦେବୀ ଥିଲେ, ଏଥିରେ କାହାର ସନ୍ଦେହ ନାହିଁ।



କାଂଚିର କାମାକ୍ଷୀ ମନ୍ଦିର ଭାରତୀୟ ଉପମହାଦେଶର ୧୮ଟି ମହା ଶକ୍ତିପୀଠ ମଧ୍ୟରେ ଗୋଟିଏ ଓ ଅତ୍ୟନ୍ତ ମହତ୍ୱପୂର୍ଣ୍ଣ ଶକ୍ତିପୀଠ ଅଟେ। କ୍ରୋଧ ଜର୍ଜରିତ ଶିବ ଯେତେବେଳେ ମା'ସତୀଙ୍କ ମର ଶରୀର ଧରି ତାଣ୍ଡବ ନୃତ୍ୟ କରିବାକୁ ଲାଗିଲେ, ଶିବଙ୍କୁ ଶାନ୍ତ କରିବା ପାଇଁ ବ୍ରହ୍ମା ବିଷ୍ଣୁଙ୍କୁ ଅନୁରୋଧ କଲେ। ଏଣୁ ବ୍ରହ୍ମାଣ୍ଡ ରକ୍ଷା ପାଇଁ ସଙ୍ଗେସଙ୍ଗେ ଶିବ ଧରିଥିବା ସତୀଙ୍କ ମର ଶରୀରକୁ ଖଣ୍ଡ ବିଖଣ୍ଡିତ କରି ଆତ୍ମା ରହିତ କରିବାକୁ ବିଷ୍ଣୁ ନିଜର ସୁଦର୍ଶନ ଚକ୍ରକୁ ଆଦେଶ ଦେଲେ। କିଛିକ୍ଷଣ ମଧ୍ୟରେ ସୁଦର୍ଶନ ଚକ୍ର ମା'ସତୀଙ୍କ ଶରୀରକୁ ଖଣ୍ଡ ବିଖଣ୍ଡିତ କରିଦେଲେ ଓ ମା'ଙ୍କ ଶରୀରର ବିଭିନ୍ନ ଅଂଶ ଭାରତୀୟ ଉପମହାଦେଶର ବିଭିନ୍ନ ସ୍ଥାନରେ ବିଂଚି ହୋଇ ପଡ଼ିଲା। ସେହି ଖଣ୍ଡ ମାନଙ୍କ ମଧ୍ୟରୁ ସତୀଙ୍କ ନାଭିଖଣ୍ଡ ଏଠାରେ ପଡ଼ିଥିଲା। ଆଉ ଏହି ସ୍ଥାନ ଏକ ମହାନ୍ ଶକ୍ତିପୀଠ ଭାବେ ପରିଚିତ।



ଆହୁରି ବି କୁହାଯାଏ ଯେ, ଦେବୀ ଅସୁର ଭଣ୍ଡାସୁରକୁ ବଦ୍ଧ କରିବା ପାଇଁ ଏକ କନ୍ୟା ରୂପରେ ଅବତାର ନେଇଥିଲେ ଓ ସେ ଏହି ମନ୍ଦିରରେ ଅଧିଷ୍ଠିତ ଥିଲେ। ଏହି ମନ୍ଦିରକୁ ସ୍ୱୟମ୍ଭୁ ବୋଲି କୁହାଯାଏ। କାରଣ ଏହି ମନ୍ଦିରରେ ଥିବା ମାତାଙ୍କ ମୂର୍ତ୍ତି କାହାରି ଦ୍ୱାରା ତିଆରି ହୋଇନଥିଲା, ବରଂ ସ୍ୱଂୟ ଅବତରିତ ହୋଇଥିଲା। କୁହାଯାଏ ଯେ, ଦେବୀ ଏହି ମନ୍ଦିରରେ ସ୍ଥୁଳ, ସୂକ୍ଷ୍ମ ଓ ଶୂନ୍ୟ ଏପରି ତିନିଟି ସ୍ୱରୂପରେ ବିରାଜମାନ କରିଛନ୍ତି।

ଶାସ୍ତ୍ର ଅନୁଯାୟୀ ଭଗବାନ ଶିବଙ୍କ ସହିତ ବିବାହ କରିବାକୁ ଆଶା କରି କାମାକ୍ଷୀ ଅମ୍ମା ଘୋର ସପସ୍ୟା କରିଥିଲେ। ଶେଷରେ ତାଙ୍କର ଅଭିଳାସ ପୂର୍ଣ୍ଣ ହେଲା ଏବଂ ଫାଲଗୁନ ମାସର ଉତର ନକ୍ଷତ୍ରରେ ଭଗବାନ୍ ଶିବଙ୍କ ସହିତ ତାଙ୍କର ବିବାହ ହେଲା। ଏଠାରେ ମା'କାମାକ୍ଷୀଙ୍କ ଗୋଟିଏ ଗୋଡ଼ରେ ଛିଡ଼ା ହୋଇ ତପସ୍ୟା କରୁଥିବା ସୁନାର ଏକ ମୂର୍ତ୍ତି ରହିଛି। ମା'ଙ୍କର ଏହି ସ୍ୱର୍ଣ୍ଣ ମୂର୍ତ୍ତିକୁ ବଙ୍ଗାରୁ କାମାକ୍ଷୀ ବୋଲି ମଧ୍ୟ କୁହାଯାଏ।

କାଂଚି କାମାକ୍ଷୀ ମନ୍ଦିରର ମୁଖ୍ୟ ଗର୍ଭ ଗୃହକୁ ଗାୟତୀ ମଣ୍ଡପ କୁହାଯାଏ। ଏଠାରେ କାମାକ୍ଷୀ ଅମ୍ମା ପଦ୍ମାସନର ଯୋଗମୁଦ୍ରାରେ ବସିଛନ୍ତି। ତାଙ୍କର ଆସନ ପଂଚ ବ୍ରହ୍ମାସନ। କାମାକ୍ଷୀ ଅମ୍ମାଙ୍କର ଚାରି ହାତ ରହିଛି। ତାଙ୍କ ତଳ ହାତରେ ରହିଛି ଆଖୁଖଣ୍ଡ ଓ ପାଂଚଟି ଫୁଲର ଗୁଚ୍ଛ। ଉପର ଦୁଇ ହାତରେ ସେ ଶସ୍ତ୍ର, ଫାଶ ଓ ଦଣ୍ଡ ଧାରଣ କରିଛନ୍ତି। ଦେବୀଙ୍କ ପ୍ରତିମାକୁ ସର୍ବଦା ଉଜ୍ୱଳ ରଙ୍ଗିନ ଶାଢୀ ଓ ସଂପୂର୍ଣ୍ଣ ବେଶଭୂଷାରେ ଅଳଙ୍କୃତ କରାଯାଏ। ଗର୍ଭଗୃହ ଭିତରେ ରୁପାରେ ଝୁଲୁଥିବା ଏକ ସ୍ତମ୍ଭ ରହିଛି। ଏଥିରେ ଏକ ଛିଦ୍ର ରହିଛି, ଯାହା ଦେବୀଙ୍କ ନାଭିର ପ୍ରତିନିଧିତ୍ୱ କରେ। କୁହାଯାଏ ଯେ, ଏହା ଭକ୍ତ ମାନଙ୍କୁ ସନ୍ତାନ ପାଇବାର ବର ପ୍ରଦାନ କରିଥାଏ।

କାମାକ୍ଷୀ ମନ୍ଦିରରେ ପ୍ରତ୍ୟେକ ବର୍ଷ ଫାଲଗୁନ ମାସରେ ଭଗବାନ ଶିବ ଓ କାମାକ୍ଷୀଙ୍କ ମଧ୍ୟରେ ବିବାହ ଉତ୍ସବ ପାଳନ କରାଯାଏ। ଏହି ଉତ୍ସବରେ ବିବାହ ଅଭିଳାଷ ରଖିଥିବା ଯୁବକ ଯୁବତୀ ମାନେ ବହୁ ସଂଖ୍ୟାରେ ଏଠାକୁ ଆସିଥାନ୍ତି। ଏହିଦିନ ଦେବୀଙ୍କୁ ନୌକାରେ ବସାଯାଇ ବୁଲାଯାଏ। ସେହିପରି ପ୍ରତି ମାଘ ମାସରେ ଏଠାରେ ବାର୍ଷିକ ବ୍ରହ୍ମୋତ୍ସବ ପାଳନ କରାଯାଏ। ଏହି ସମୟରେ ପ୍ରତିଦିନ ସକାଳ ଓ ସନ୍ଧ୍ୟାରେ ଦେବୀଙ୍କ ରଥ ବାହାରକୁ ଯାଏ। ଉତ୍ସବର ଚତୁର୍ଥ ଦିନ କାମାକ୍ଷୀ ଅମ୍ମା ସୁନାର ସିଂହ ଉପରେ ବସନ୍ତି ତଥା ନବମ ଦିନରେ ରୂପା ନିର୍ମିତ ରଥରେ ବସି ନଗର ଭ୍ରମଣରେ ଯାଆନ୍ତି। ଏହି ଉତ୍ସବ ଦିନ ବା ପୂର୍ଣ୍ଣିମା ପଡୁଥିବା ୧୦ମ ଦିବସ ଓ ଶେଷ ଦିନରେ ଦେବୀ ଓ ତାଙ୍କର ଭକ୍ତମାନେ ମନ୍ଦିରର ଜଳକୁଣ୍ଡରେ ବୁଡ଼ ପକାନ୍ତି।



ପ୍ରତି ବର୍ଷ ଚୈତ୍ର ମାସର ପ୍ରଥମ ଦିବସରେ କାମାକ୍ଷୀ ଅମ୍ମା ନିଜ ସୁନାର ରଥ ଉପରେ ବସନ୍ତି। ଏଭଳି ରଥଯାତ୍ରା ହିନ୍ଦୁ ପାଞ୍ଜି ଅନୁସାରେ ପ୍ରତି ମାସର ପ୍ରଥମ ଦିନ ଆୟୋଜିତ ହୋଇଥାଏ। ଯଦି ତାହା ଶୁକ୍ରବାର ଦିନ ହୁଏ, ସେଦିନ ପୂର୍ଣ୍ଣିମା କିମ୍ବା ଅମାବାସ୍ୟା ହୋଇଥାଏ। କାଂଚିର କାମାକ୍ଷାଙ୍କ ଏହି ରଥଯାତ୍ରାକୁ ଦର୍ଶନ କରିବା ପାଇଁ ସମସ୍ତେ ବ୍ୟାକୁଳ ହୁଅନ୍ତି।

କାଂଚି ପୁରମ୍ ର ଅନ୍ୟ ମନ୍ଦିର ମାନଙ୍କର ରଥଯାତ୍ରା କାଂଚି କାମାକ୍ଷୀ ମନ୍ଦିରର ଚାରି ପାଖରେ ଘେରା ଲଗାନ୍ତି, କାରଣ କାମାକ୍ଷୀ ଦେବୀ କାଂଚିର ପ୍ରମୁଖ ଆରାଧ୍ୟ ଦେବୀ ଅଟନ୍ତି।



# ଯାହା ପାଇଁ ଜାତୀୟ ବିଜ୍ଞାନ ଦିବସ !



ବିଜ୍ଞାନ କ୍ଷେତ୍ରରେ ବିଶ୍ୱର ଶ୍ରେଷ୍ଠ ମର୍ଯ୍ୟାଦାଜନକ ନୋବେଲ ପୁରସ୍କାର ପାଇବାର ସୌଭାଗ୍ୟ ଅର୍ଜନ କରିଥିଲେ ଏସିଆର ପ୍ରଥମ ବ୍ୟକ୍ତି ସାର୍ ପ୍ରଫେସର୍ ଚନ୍ଦ୍ରଶେଖର ଭେଙ୍କଟ ରମଣ। ଦକ୍ଷିଣ ଭାରତର ତ୍ରିଚିନାପଲ୍ଲୀ ସହରର ଥିରୁଭାନାଇକାଭାଲ ଗ୍ରାମର ଚନ୍ଦ୍ରଶେଖର ଆୟାରଙ୍କ ଔରସ ଏବଂ ମାତାପାର୍ବତୀ ଅମ୍ମଲଙ୍କ ଗର୍ଭରୁ, ୧୮୮୮ ମସିହା ନଭେମ୍ବର ସାତ ତାରିଖରେ ଜନ୍ମିତ ଏହି ବ୍ୟକ୍ତି, ମାତ୍ର ୧୧ବର୍ଷରେ ମାଟ୍ରିକ,୧୩ ବର୍ଷରେ ଆଇ.ଏ ପାଶ୍ କରି, ମାନ୍ଦ୍ରାଜର ପ୍ରେସିଡେନସି କଲେଜର ବି.ଏ ପଢିବା ପାଇଁ ନାମ ଲେଖାଇ ସମସ୍ତଙ୍କୁ ଚକିତ କରିଦେଇଥିଲେ। ରୁଗ୍ଣ ଶରୀର ଏବଂ କମ ବୟସ ପାଇଁ, ଇଂରାଜୀ ଅଧ୍ୟାପକ ଇ.ଏଚ୍.ଇଲିୟାଟଙ୍କ ମନରେ ସନ୍ଦେହ ଜାତ ହୋଇଥିଲା। ସେ ପ୍ରଶ୍ନ କରିଥିଲେ ତୁମେ କଣ ଏଇ ଶ୍ରେଣୀର ପିଲା ? ତାଙ୍କର ଅସ୍ତି ବାଚକ ଉତର ହାସ୍ୟ ଉଦ୍ରେକ କରିଥିଲା ସହପାଠୀ ମାନଙ୍କ ମଧ୍ୟରେ। ପରେ ପରେ ଅଧ୍ୟାପକଙ୍କ ସମସ୍ତ କଠିନ ପ୍ରଶ୍ନର ସ୍ୱଷ୍ଟ ଏବଂ ସଠିକ୍ ଉତରରେ ସ୍ତବ୍ଧ ହୋଇଯାଇଥିଲା ସମଗ୍ର ପରିବେଶ। ଯେଉଁ କେତେ ଜଣ ଭାରତୀୟ ବୈଜ୍ଞାନିକ, ନିଜର ଅକ୍ଳାନ୍ତ ପରିଶ୍ରମ ଓ ପ୍ରଚେଷ୍ଟା ବଳରେ ବିଶ୍ୱବନ୍ଦିତ ହୋଇପାରିଛନ୍ତି, ତନ୍ମଧ୍ୟରୁ ରମଣ ଅନ୍ୟତମ। ଚାଟଶାଳୀରେ ବାଲ୍ୟଶିକ୍ଷା ଠାରୁ ଆରମ୍ଭ କରି ପ୍ରେସିଡେନସି କଲେଜରେ ପଦାର୍ଥ ବିଜ୍ଞାନରେ ଏମ,ଏ ପଢିବା ପର୍ଯ୍ୟନ୍ତ ସମସ୍ତ ଶ୍ରେଣୀରେ ସେ ନିଜର ପ୍ରତିଭା ଓ ଦକ୍ଷତା ପ୍ରଦର୍ଶନ କରିଥିଲେ। ଏପରିକି ଏମ,ଏ ପଢିବା ସମୟର ଦୁଇ ବର୍ଷରୁ ସେ ମାତ୍ର ଗୋଟିଏ ଦିନ, ପଦାର୍ଥ ବିଜ୍ଞାନର ମୁଖ୍ୟ ଅଧ୍ୟାପକ ଆର୍.ଏଲ୍.ଜୋନସ୍ଙ୍କ, ଆଲୋକ ଉପକରଣ ସମ୍ବନ୍ଧୀୟ ଏକ ଆଲୋଚନା ଶୁଣିବା ପାଇଁ ଯାଇଥିଲେ। ପଦାର୍ଥ ବିଜ୍ଞାନର ସମସ୍ତ କ୍ଲିଷ୍ଟ ବିଷୟକୁ, ଅଧ୍ୟାପକଙ୍କର ବିନା ସାହାଯ୍ୟରେ ଅକ୍ଳେଶରେ ବୁଝି ପାରୁଥିବାରୁ, ସେ ସମୟକୁ ରମଣ, ଗବେଷଣା କାର୍ଯ୍ୟରେ ବିନିଯୋଗ କରୁଥିଲେ। ବିଜ୍ଞାନର ଆକର୍ଷଣ ଏବଂ ତତ୍ସମ୍ବନ୍ଧୀୟ ଗବେଷଣା ନିମନ୍ତେ ସମୟ ଦେବା ଯୋଗୁ ସେ ସରକାରୀ ନିଯୁକ୍ତି ପାଇଁ ଆଗ୍ରହୀ ନଥିଲେ। ପରିବାର ସଦସ୍ୟଙ୍କ ଚାପରେ, ପରୀକ୍ଷା ଦେଇ, ସେ ମାତ୍ର ୧୯ ବର୍ଷରେ, କଲିକତାରେ , ଅର୍ଥ ବିଭାଗର ସହକାରୀ ଏକାଉଂଟାଂଟ ଜେନେରାଲ ପରି ମର୍ଯ୍ୟାଦା ଜନକ ପଦବୀରେ ନିଯୁକ୍ତି ପାଇଲେ। ତାଙ୍କର କର୍ତବ୍ୟନିଷ୍ଠା , ଶୃଙ୍ଖଳା ଏବଂ ସର୍ବୋପରି କର୍ମ ଦକ୍ଷତା ଯୋଗୁ, ଅଫିସ୍‌ରେ ସେ ସମସ୍ତଙ୍କ ପ୍ରିୟ ପାତ୍ର ହୋଇପାରିଥିଲେ, ମାତ୍ର ସେ ଏଥିରେ ସନ୍ତୁଷ୍ଟ ନଥିଲେ। ଦିନ ୧୦ଟାରୁ ୫ଟା ପର୍ଯ୍ୟନ୍ତ ଅଫିସ କାମକୁ ଛାଡିଦେଲେ, ନିଜର ଦୈନନ୍ଦିନ କାର୍ଯ୍ୟ ପାଇଁ ଖୁବ୍ କମ ସମୟ ବିନିଯୋଗ କରି ଅବଶିଷ୍ଟ ସମୟରେ ସେ କେବଳ ଗବେଷଣା ରେ ନିମଗ୍ନ ରହୁଥିଲେ। ଗବେଷଣା ପାଇଁ ସେ ଉପଯୁକ୍ତ ପରିବେଶ ଏବଂ ସହଯୋଗ ପାଇ ପାରୁନଥିଲେ। ଦିନେ ଅଫିସ୍‌ରୁ ଫେରିବାବେଳେ, ବଡବଜାର ଷ୍ଟ୍ରିଟ୍ ର ଗୋଟିଏ ଘରେ, (ଭାରତୀୟ ବିଜ୍ଞାନ ସଂସଦ) ଲେଖା ସାଇନ୍‌ବୋର୍ଡଟିଏ ଝୁଲୁଥିବାର ଦେଖି, ଭାରି ଖୁସି ହୋଇଗଲେ। ଏହି ସଂସ୍ଥାର ପ୍ରତିଷ୍ଠାତା ଡକ୍ଟର ମହେନ୍ଦ୍ରଲାଲ୍ ସରକାରଙ୍କ ସହିତ ସାକ୍ଷାତକରି, ବିଜ୍ଞାନର ଉନ୍ନତି ନିମନ୍ତେ ଉଭୟେ ଅନେକ ଗୁଡିଏ ଯୋଜନା ପ୍ରସ୍ତୁତ କରିଥିଲେ। ରମଣ ଯଦିଓ ଆଲୋକର ବିକିରଣ ଉପରେ ସ୍ୱତନ୍ତ୍ର ଭାବରେ ଗବେଷଣା କରୁଥିଲେ ତଥାପି ବିଭିନ୍ନ ବାଦ୍ୟଯନ୍ତ୍ରରୁ କିପରି ବିଭିନ୍ନ ପ୍ରକାର ଶବ୍ଦ ଉତ୍ପନ୍ନ ହେଉଛି, ତା ବିଷୟରେ ଏକ ତଥ୍ୟ ସମ୍ବଳିତ ପତ୍ର ଲଣ୍ଡନର ଧ୍ୱନି ବିଜ୍ଞାନର ଗବେଷକ ଲର୍ଡର୍ୟାଲେଙ୍କ ନିକଟକୁ ପଠାଇଥିଲେ। ଲର୍ଡର୍ୟାଲେ ଏହି ତଥ୍ୟଟିକୁ ପଢି ସାରିବା ପରେ, ରମଣଙ୍କୁ ଉଚ୍ଚ ପ୍ରଶଂସା କରି ଏକ ଉତର ପତ୍ର ପଠାଇଥିଲେ, ଯାହାକୁ ଦେଖି ଭାରତର ବୈଜ୍ଞାନିକ ଏବଂ ଜ୍ଞାନୀ ଲୋକ ମାନେ, ରମଣଙ୍କ ପରି ୨୦/୨୧ବର୍ଷର ଜଣେ ଯୁବକ ଯେ ଏତେ ଜ୍ଞାନର ଅଧିକାରୀ ,ଏହା କଳ୍ପନା କରି ପାରିନଥିଲେ। ୧୯୧୦ ମସିହାରେ , ଚାକିରୀରେ ପଦୋନ୍ନତି ଯୋଗୁ ତାଙ୍କୁ କଲିକତା ଛାଡି ରେଙ୍ଗୁନ ଯିବାକୁ ପଡିଲା। ରେଙ୍ଗୁନରେ ଗବେଷଣାର ସୁବିଧା ନଥିବାରୁ, ରେଙ୍ଗୁନ ଯିବାକୁ ଅନିଚ୍ଛୁକ ଥିଲେ ବି ପରିସ୍ଥିତି ଚାପରେ ସେ ସେଠାରେ ଯୋଗଦାନ କରି ଠିକ ବର୍ଷକ ପରେ ପୁଣି କଲିକତାକୁ ବଦଳି ହୋଇଆସିଲେ। ଇତ୍ୟବସରରେ ତାଙ୍କର କେତେକ ମୌଳିକ ଲେଖା ନିମନ୍ତେ , ବୈଜ୍ଞାନିକ ହିସାବରେସେ ଖ୍ୟାତିଲାଭ କରିସାରିଥିଲେ। ଅର୍ଥ ବିଭାଗର ଅଧିକ ବେତନର ମୋହ ତ୍ୟାଗକରି, ବିଜ୍ଞାନର ନିଶା ଯୋଗୁ, ସେ କଲିକତା ବିଶ୍ୱ ବିଦ୍ୟାଳୟର ସ୍ନାତକୋତର ଶ୍ରେଣୀରେ ଅଧ୍ୟାପକ ଭାବରେ ଯୋଗଦାନ କରିଥିଲେ। ଯଦି ସେ ଅର୍ଥ ବିଭାଗର ଚାକିରୀ ପରିତ୍ୟାଗ କରି , ବିଜ୍ଞାନର ଅଧ୍ୟାପକ ଭାବରେ କାର୍ଯ୍ୟ କରିନଥାନ୍ତେ, ତେବେ ଭାରତବର୍ଷ, ତାଙ୍କପରି ବିଶ୍ୱବନ୍ଦିତ ନୋବେଲ ବିଜୟୀ ବୈଜ୍ଞାନିକଙ୍କୁ ପାଇବାର ସୁଯୋଗ ହରାଇଥାନ୍ତା ବୋଲି ମତ ପୋଷଣ କରିଥିଲେ, ଚକ୍ରବର୍ତୀ ରାଜଗୋପାଳଚାରୀ। ୧୯୦୬ରେ ବି.ଏ.ପଢୁଥିବା ସମୟରେ ମାତ୍ର ୧୮ ବର୍ଷ ବୟସରେ , ତାଙ୍କ ଦ୍ୱାରା ଲିଖିତ "ଆଲୋକର ବିଚ୍ଛୁରଣ" ନାମକ ଏକ ବିଜ୍ଞାନ ସନ୍ଦର୍ଭ , ଫିଲୋସଫିକାଲ ନାମକ ଏକ ବ୍ରିଟିଶ୍ ଜର୍ନାଲରେ ପ୍ରକାଶିତ ହୋଇଥିଲା।୧୯୨୮ ମସିହା ଫେବୃୟାରୀ ୨୮ ତାରିଖରେ ସେ ଆଲୋକର ବିକିରଣ ସମ୍ବନ୍ଧୀୟ ଏକ ଚମକପ୍ରଦ ତଥ୍ୟ ଉପସ୍ଥାପନା କରିଥିଲେ, ଯାହାକି "ରମଣ ଇଫେକ୍ଟ"ନାମରେ ପ୍ରସିଦ୍ଧି ଲାଭ କରିଥିଲା। ସେଥିପାଇଁ ଏହି ଦିବସଟିକୁ ଭାରତ ସରକାରଙ୍କ ତରଫରୁ ପ୍ରତ୍ୟେକ ବର୍ଷ "ଜାତୀୟ ବିଜ୍ଞାନ ଦିବସ"ରୂପେ ପାଳନ କରାଯାଉଅଛି। ଫ୍ରାନସ୍ ବୈଜ୍ଞାନିକ ଜେ.କାବାନେସ, ଜର୍ମାନ୍ ବୈଜ୍ଞାନିକ ପି.ପ୍ରଙ୍ଗସେ ଓ ଭାରତର ଏଲ୍.ଏ.ରାମଦାସ୍ ରମଣଙ୍କ ସନ୍ଦର୍ଭକୁ "ରମଣ ସିଦ୍ଧାନ୍ତ" ନାମରେ ବିଶ୍ୱ ବିଖ୍ୟାତ କରାଇଥିଲେ ଏବଂ ଏହି ସିଦ୍ଧାନ୍ତ ପାଇଁ ସେ ୧୯୩୦ ମସିହାରେ ନୋବେଲ୍ ପୁରସ୍କାର ଲାଭ କରିଥିଲେ।୧୯୩୩ ମସିହାରେ ବାଙ୍ଗାଲୋରସ୍ଥିତ, ଇଣ୍ଡିଆନ ସୋସାଇଟି ଅଫ ସାଇନସ୍ ର ପ୍ରଥମ ଭାରତୀୟ ନିର୍ଦ୍ଦେଶକ ଭାବରେ ଯୋଗଦାନ କରିଥିଲେ। ସେହିବର୍ଷ ସେଠାରେ ସେ, ଇଣ୍ଡିଆନ ଆକାଡେମୀ ଅଫ ସାଇନସ ନାମକ ଏକ ଅନୁଷ୍ଠାନ ସ୍ଥାପନା କରିଥିଲେ।୧୯୪୮ ରେ ତାଙ୍କ ଦ୍ୱାରା "ରମଣ ରିସର୍ଚ୍ଚ ଇନଷ୍ଟିଚ୍ୟୁଟ"ସ୍ଥାପିତ ହୋଇଥିଲା,ଯେଉଁଥିରେ ସେ ତାଙ୍କ ଜୀବନର ଶେଷ ସମୟ ପର୍ଯ୍ୟନ୍ତ କାର୍ଯ୍ୟ କରୁଥିଲେ। ଜୀବନକାଳ ମଧ୍ୟରେ ରମଣ ଅନେକ ସମ୍ମାନ ଓ ପୁରସ୍କାର ପାଇଥିଲେ, ତନ୍ମଧ୍ୟରୁ ୧୯୧୨ରେ କର୍ଜନ ରିସର୍ଚ୍ଚ ଆଓାର୍ଡ,୧୯୧୩ରେ ଉଡବର୍ନ ରିସର୍ଚ୍ଚ ମେଡାଲ୍,୧୯୩୦ରେ ବ୍ରିଟିଶ୍ ସରକାରଙ୍କ ଦ୍ୱାରା ନାଇଟ ଉପାଧି, ସେହି ବର୍ଷ ଭାରତର ପ୍ରଥମ ବୈଜ୍ଞାନିକ ଭାବରେ ନୋବେଲ ପୁରସ୍କାର ଏବଂ ଲଣ୍ଡନର ରୟାଲ ସୋସାଇଟିରୁ ହ୍ୟୁଗସ୍ ପଦକ,୧୯୪୧ରେ ଫିଲାଡେଲଫିଆସ୍ଥିତ ଫ୍ରାଙ୍କଲିନ ଇନଷ୍ଟିଚ୍ୟୁଟ ଦ୍ୱାରା ଫ୍ରାଙ୍କଲିନ ମେଡାଲ,୧୯୫୪ରେ ଭାରତ ସରକାରଙ୍କ ଦ୍ୱାରା ଭାରତରତ୍ନ ଏବଂ ୧୯୫୭ରେ ଋଷ ସରକାରଙ୍କ ଦ୍ୱାରା ଲେନିନ୍ ପୁରସ୍କାର ଇତ୍ୟାଦି ଅନେକ ସମ୍ମାନ ପାଇଥିଲେ। ବିଜ୍ଞାନ କ୍ଷେତ୍ରରେ ରମଣଙ୍କ ଦକ୍ଷତା ଓ ଅବଦାନ, ବିଶ୍ୱସ୍ତରରେ ଭାରତୀୟ ବୈଜ୍ଞାନିକ ମାନଙ୍କ ସମ୍ମାନ ବୃଦ୍ଧି ଦିଗରେ ଯଥେଷ୍ଟ ସହାୟକ ହୋଇଥିଲା।୧୯୬୯ ମସିହା ଅକ୍ଟୋବର ମାସରେ ଗବେଷଣାଗାରରେ କାର୍ଯ୍ୟରତ ଥିବା ସମୟରେ ସେ ହୃଦ୍‌ଘାତର ଶିକାର ହୋଇଥିଲେ। ଚିକିତ୍ସା ଫଳରେ ସେ ଆଉ କିଛିଦିନ ବଂଚି ରହିଥିଲେ, କିନ୍ତୁ ୧୯୭୦ ମସିହା ନଭେମ୍ବର ମାସ ୨୧ ତାରିଖ ଦିନ ଭାରତର ବିଜ୍ଞାନାକାଶରୁ ଏହି ଉଜ୍ଜଳମୟ ନକ୍ଷତ୍ର ସବୁଦିନ ପାଇଁ ଅସ୍ତ ହୋଇଯାଇଥିଲା। ମୃତ୍ୟୁପୁର୍ବରୁ , ତାଙ୍କ ବିଜ୍ଞାନ ଆକାଡେମୀର ଜର୍ନାଲଟିକୁ ଚଲାଇ ରଖିବା ନିମନ୍ତେ ସେ ତାଙ୍କର ଜଣେ ପ୍ରାକ୍ତନ ଛାତ୍ରଙ୍କୁ ଅନୁରୋଧ କରଥିଲେ। ତାଙ୍କର ଶେଷ ଇଚ୍ଛା ଅନୁଯାୟୀ, ତାଙ୍କ ମରଶରୀରକୁ ବିନା କୌଣସି ଆଡମ୍ବରରେ,"ରମଣ ଗବେଷଣା କେନ୍ଦ୍ର"ର ହତା ମଧ୍ୟରେ ସମାଧି ଦିଆଯାଇଥିଲା।

# ଶ୍ରୀଲିଙ୍ଗରାଜ ମନ୍ଦିରକୁ ପଲିଥିନ୍, ମାଦକଦ୍ରବ୍ୟ ନିଷିଦ୍ଧ ପାଇଁ ଉଠିଲା ଦାବି



ଭୁବନେଶ୍ୱର (ପିଏନ୍): ଜାଗର ଯାତ୍ରା। ଏ ନେଇ ଚଳଚଞ୍ଚଳ ଏକାମ୍ର କ୍ଷେତ୍ର। ଏକାମ୍ର କ୍ଷେତ୍ରର ଆରାଧ ଦେବତା ମହାପ୍ରଭୁ ଶ୍ରୀ ଲିଙ୍ଗରାଜଙ୍କ ଦର୍ଶନ ଓ ସାନ୍ନିଧ୍ୟ ଲାଭ ପାଇଁ ରାଜ୍ୟ ଓ ରାଜ୍ୟ ବାହାରୁ ଜାଗର ସମୟରେ ଲକ୍ଷାଧିକ ଭକ୍ତ, ଶ୍ରଦ୍ଧାଳୁ, ସାଧୁ, ସନ୍ନ୍ୟାସୀମାନଙ୍କ ସମାଗମ ହୋଇଥାଏ। ଠାକୁରଙ୍କ ନିକଟରେ ଭୋଗ କରିବା ହେଉ କି ଦୀପ ଜାଳିବା ହେଉ ଅନେକ ଭକ୍ତ ମନ୍ଦିର ଭିତରକୁ ପଲିଥିନ୍, ପ୍ଲାଷ୍ଟିକ ଦ୍ରବ୍ୟ ଇତ୍ୟାଦି ଭୋଗ ସାଥିରେ ନେଇ ଆସିଥାନ୍ତି। ପରବର୍ତ୍ତୀ ସମୟରେ ସେଗୁଡ଼ିକୁ ମନ୍ଦିର ବେଢା ଭିତରେ ଏଣେ ତେଣେ ଫୋପାଡ଼ି ଚାଲି ଯାଇଥାନ୍ତି। ଯଦ୍ୱାରା ଐତିହ୍ୟ, କୀର୍ତ୍ତିରାଜି ମଣ୍ଡିତ ମନ୍ଦିରର ପରିବେଶ ଓ ସୌନ୍ଦର୍ଯ୍ୟ ବିଗିଡ଼ି ଯାଇଥାଏ। ପରବର୍ତ୍ତୀ ସମୟରେ ଯେତେବେଳେ ସ୍ୱେଚ୍ଛାସେବୀମାନଙ୍କ ଦ୍ୱାରା ସଫେଇ ହୁଏ ସେଗୁଡ଼ିକ ମନ୍ଦିର ବାହାରେ ଆଣି ଗଦାଇଥାନ୍ତି। ବାହାରେ ଏଣେ ତେଣେ ବୁଲୁଥିବା ବୁଲା ଗୋରୁ, ଗାଈ, ଷଣ୍ଢ ଇତ୍ୟାଦି ଜୀବ ଏଗୁଡ଼ିକୁ ଖାଇ ମୃତ୍ୟୁବରଣ କରିଥାନ୍ତି। ଏତଦ୍‌ସହ କିଛି ଅସାମାଜିକ ବ୍ୟକ୍ତି ମନ୍ଦିର ଭିତରେ ପାନ, ଗୁଟ୍‌ଖା, ବିଡ଼ି, ସିଗାରେଟ୍, ଗଞ୍ଜେଇ ଏବଂ ମଦ ପରି ମାଦକ ଦ୍ରବ୍ୟକୁ ବ୍ୟବହାର କରିଥାନ୍ତି। ଯାହ ମନ୍ଦିର ସଫେଇ ସମୟରେ ନଜରକୁ ଆସିଥାଏ। ଏଣୁ ଏ ନେଇ ସ୍ୱତନ୍ତ୍ର ମାର୍ଗଦର୍ଶିକା ସହ ସମ୍ପୂର୍ଣ୍ଣ ରୂପେ ମାଦକଦ୍ରବ୍ୟ ନିଷିଦ୍ଧ ପାଇଁ କଟକଣା ଜାରି ହେଉ ବୋଲି ସାମାଜିକ କର୍ମୀ ତଥା ପରିବେଶବିତ୍ ସୁଶାନ୍ତ ସାହୁ ଏ ନେଇ ଶ୍ରୀ ଲିଙ୍ଗରାଜ ମନ୍ଦିରର କାର୍ଯ୍ୟନିର୍ବାହୀ ଅଧିକାରୀଙ୍କ ନିକଟରେ ଦାବି କରିଥିବା ଜଣାପଡ଼ିଛି।

# ଭାବନା, କାମନା ଓ ପରିକଳ୍ପନା ଦ୍ୱାରା ଏକ ଉଜ୍ୱଳ ସମ୍ଭାବନା ସୃଷ୍ଟି ହୋଇଥାଏ: ବାଚସ୍ପତି



ଫୁଲନଖରା (ପିଏନ୍)-ରାଜ୍ୟର ସର୍ବପ୍ରଥମ ରଙ୍ଗୀନ ଦୈନିକ ଓଡ଼ିଆ ଖବରକାଗଜ 'ସମୟ'ର ୨୫ତମ ବାର୍ଷିକ ସମାରୋହ ସଦର ଥାନା ଅନ୍ତର୍ଗତ ମୀରା କୋର୍ଟୟାର୍ଡ଼ ପରିସରରେ ଶୁକ୍ରବାର ଅନୁଷ୍ଠିତ ହୋଇଥିଲା। ଓଡ଼ିଶା ବିଧାନସଭାର ବାଚସ୍ପତି ଡଃ. ସୂର୍ଯ୍ୟ ନାରାୟଣ ପାତ୍ର ମୁଖ୍ୟ ଅତିଥିରୂପେ ଯୋଗଦେଇ 'ଆଗାମୀ ଦଶନ୍ଧିରେ ଓଡ଼ିଶା' ଶୀର୍ଷକ ଏକ ଆଲୋଚନାଚକ୍ରରେ ଅଂଶ ଗ୍ରହଣ କରି ପ୍ରଥମେ ଭାବନା ତା'ପରେ କାମନା ଓ ପରେ ପରିକଳ୍ପନା ଦ୍ୱାରା ଏକ ସୁନେଲୀ ଭବିଷ୍ୟତର ସମ୍ଭାବନା ସୃଷ୍ଟି ହୋଇଥାଏ ବୋଲି କହିଥିଲେ। ରାଜ୍ୟ ପଞ୍ଚାୟତିରାଜ ଓ ଆଇନ ମନ୍ତ୍ରୀ ପ୍ରତାପ ଜେନା ମୁଖ୍ୟବକ୍ତା ଭାବେ ମଞ୍ଚାସୀନ ହୋଇ ଶିକ୍ଷାର ବିକାଶ ହେଲେ ଅନ୍ୟ ସମସ୍ତ କ୍ଷେତ୍ରର ସାମଗ୍ରୀକ ବିକାଶ ତ୍ୱରାନ୍ୱିତ ହୋଇପାରିବ ବୋଲି ମତବ୍ୟକ୍ତ କରିଥିଲେ। ରାଜ୍ୟ ପୂର୍ବତନ ସୂଚନା କମିଶନର ଶ୍ରୀ ଜଗଦାନନ୍ଦ ସମ୍ମାନିତ ଅତିଥିରୂପେ ଯୋଗଦେଇ ଆଗାମୀ ୧୦ବର୍ଷ ପାଇଁ ଆମକୁ ପକ୍କା ଘର, ଜୈବିକ କୃଷି, ଶିଶୁ ଓ ମାତୃ ମୃତ୍ୟୁହାର ହ୍ରାସ, ଆଦିବାସୀଙ୍କ ବିକାଶ ଓ ପରିବେଶ ସୁରକ୍ଷା କ୍ଷେତ୍ରରେ ଯଥେଷ୍ଟ ଗୁରୁତ୍ୱ ଦେଲେ ଏକ ସୁନ୍ଦର ତଥା ବିକଶିତ ଓଡ଼ିଶା ରୂପରେଖ ସାକାର ହେବବୋଲି ବର୍ଣ୍ଣନା କରିଥିଲେ। ଆପୋଲୋ ହସପିଟାଲ ମୁଖ୍ୟ କାର୍ଯ୍ୟନିର୍ବାହୀ ଡା. ଆଲୋକ ଶ୍ରୀବାସ୍ତବ, ଆମ୍ରି ହସପିଟାଲ ମୁଖ୍ୟ ନୀଳନା ମୁଖାର୍ଜି, ଇା ଅଧିକାରୀ କିଶୋରମୋହନ ମହାନ୍ତି ପ୍ରମୁଖ ଆମନ୍ତ୍ରିତ ଅତିଥିଭାବେ ମଞ୍ଚାସୀନ ହୋଇ 'ସମୟ' ରାଜ୍ୟର ଅଗ୍ରଗତିରେ ସହାୟକ ହେଉଥିବା ବିଷୟ ସୂଚନା ଦେବା ସହିତ ଆଗାମୀ ଦଶ ବର୍ଷ ପାଇଁ ଏକ ଉନ୍ନତ ଓଡ଼ିଶା ଗଢ଼ିବା ଦିଗରେ କର୍ପୋରେଟ ହାଉସଗୁଡ଼ିକ ଆଗେଇ ଆସିବାକୁ ଆହ୍ୱାନ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ପୂର୍ବତନ ବିଧାୟକ ଚିରଂଜିବୀ ବିଶ୍ୱାଳ, ପ୍ରାକ୍ତନ ସାଂସଦ ତଥା 'ସମୟ'ର ପରିଚାଳନା ସମ୍ପାଦକ ରଂଜୀବ ବିଶ୍ୱାଳ, ତେଜଶ୍ରୀ ବିଶ୍ୱାଳ ଓ ଅନୀତା ବିଶ୍ୱାଳଙ୍କ ସମେତ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ଉପସ୍ଥିତ ଥିଲେ। ଏହି ଅବସରରେ ବିଭିନ୍ନ କ୍ଷେତ୍ରରେ ପାରଦର୍ଶିତା ହାସଲ କରିଥିବା ବ୍ୟକ୍ତି ବିଶେଷ ଓ ଗଣମାଧ୍ୟମ ପ୍ରତିନିଧିମାନଙ୍କୁ ଅତିଥିମାନେ ସମ୍ବର୍ଦ୍ଧିତ କରିଥିଲେ। 'ସମୟ' ପରିବାରର ସମସ୍ତ କର୍ମକର୍ତ୍ତା ଓ ଅଧିକାରୀଗଣ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲା ବେଳେ ପ୍ରଶାସନିକ ଅଧିକାରୀ ସତ୍ୟନାରାୟଣ ମହାନ୍ତି ଉପସ୍ଥିତ ସମସ୍ତଙ୍କୁ ଧନ୍ୟବାଦ ଜ୍ଞାପନ କରିଥିଲେ। ଶେଷରେ ରାଜ୍ୟର ଲବ୍ଧପ୍ରତିଷ୍ଠିତ କଳାକାରଙ୍କଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ ହୋଇଥିଲା।

# ହରେକୃଷ୍ଣ ପାତ୍ରଙ୍କୁ ନ୍ୟାୟ ଦାବିରେ ସିଭିଲ ସୋସାଇଟି ଫୋରମ ପକ୍ଷରୁ ସାମ୍ବାଦିକ ସମ୍ମିଳନୀ



କେନ୍ଦ୍ରାପଡ଼ା (ପିଏନ୍): ସମାଜସେବୀ ହରେକୃଷ୍ଣ ପାତ୍ରଙ୍କୁ ନ୍ୟାୟ ଦେବା ସହିତ ମହାକାଳପଡା ତହସିଲଦାରଙ୍କ ବିରୋଧରେ ଦୃଢ କାର୍ଯ୍ୟାନୁଷ୍ଠାନ ଦାବିରେ ସିଭିଲ ସୋସାଇଟ୍ କେନ୍ଦ୍ରାପଡା ଜିଲ୍ଲା ପକ୍ଷରୁ ସ୍ଥାନୀୟ ଗୌରୀଶଙ୍କର ହୋଟେଲ ପରିସରରେ ଏକ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାର ମହାକାଳପଡା ତହସିଲ ଅନ୍ତର୍ଗତ ବଉଳକଣୀ ପଞ୍ଚାୟତର ପ୍ରଭାକରପୁର ଗ୍ରାମର ସମାଜସେବୀ ହରେକୃଷ୍ଣ ପାତ୍ରଙ୍କ ଏକ ଜମିଜମା ମାମଲା ଉଚ୍ଚ ନ୍ୟାୟାଳୟରେ ବିଚାରଧୀନ ଥିବା ସତ୍ତ୍ୱେ ସ୍ଥାନୀୟ ଅଞ୍ଚଳର କେତେକ ଅସାମାଜିକ ବ୍ୟକ୍ତି ମହାକାଳପଡା ତହସିଲଦାରଙ୍କ ପ୍ରରୋଚନାରେ ସଙ୍ଘବଦ୍ଧ ଭାବରେ ଶ୍ରୀ ପାତ୍ରଙ୍କ ପରିବାର ଉପରେ ମରଣାନ୍ତଙ୍କ ଆକ୍ରମଣ କରିବା ସହିତ ଲକ୍ଷାଧିକ ଟଙ୍କାର ମୂଲ୍ୟବାନ ଗଛ କାଟି ନେଇଥିବା ସମ୍ପର୍କରେ ଫୋରମର ଆବାହକ ପ୍ରତାପ ମହାନ୍ତି ଅଭିଯୋଗ କରିଥିଲେ। ଏ ସମ୍ପର୍କରେ ସ୍ଥାନୀୟ ଥାନାରେ ଶ୍ରୀ ପାତ୍ର ଅଭିଯୋଗ କରିଥିଲେ ବି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ନ ଥିବା ସେ କହିଥିଲେ। ସେ ଅଞ୍ଚଳର ନିର୍ଦ୍ଦିଷ୍ଟ ଶାସକ ଦଳର ନେତା ଦୁର୍ନୀତି, ଭ୍ରଷ୍ଟାଚାରରେ ଲିପ୍ତ ରହୁଥିବାରୁ ତାହାର ପ୍ରତିବାଦ କଲେ ସାମାଜିକ କର୍ମୀଙ୍କୁ ଉଦ୍ଦେଶ୍ୟମୂଳକ ଭାବରେ ଆକ୍ରୋଶ ରଖି ହଇରାଣ କରିବା ସହ ସେମାନଙ୍କ ମୁହଁ ବନ୍ଦ କରିବାକୁ ଉଦ୍ୟମ କରାଯାଉଥିବା ଅଭିଯୋଗ କରିଥିଲେ ଶ୍ରୀ ମହାନ୍ତି।

# ସାହିତ୍ୟ ଦର୍ପଣ



## ଶାଶୁଙ୍କ ଭୋଗ ଥାଳି



ସୁଚରିତା ମହାନ୍ତି

ପାଖରେ ଦାମୀ ଗାଡ଼ି, ଦାମୀ ଶାଢ଼ି କି ଦାମୀ ଗହଣା ସେମିତି ତ କିଛି ବି ନାହିଁ। ସିଧା ସାଧା ଭାବରେ ଘରର କେଇଟା ମାତ୍ର ଚଳିବା ଆସବାବପତ୍ର ସହିତ ଠାକୁରମାନଙ୍କ ର ମୂର୍ତ୍ତି, ଏତିକି ମାତ୍ର ଜୀବନ ର ସନ୍ତକ। କାହାର ଦେଖିକି ଈର୍ଷା କରିବା କୁ ନାହିଁ କି ଲୋଭ କରିବା କୁ ନାହିଁ।

ନିଜର ଘର ଖଣ୍ଡିଏ ପାଇଁ କେବଳ ସୁଷମା ର ଅବଶୋଷ ଯାହା। କ'ଣ ବା କରିପାରିବ !

ନିଜର ଜିନିଷ ପତ୍ର ଯେତେ ଯେଉଁଠି ସଜାଡ଼ି ରଖିଲେ ବି କେଉଁଠି ନା କେଉଁଠି ଅଳିଆ ମଳିଆ ହୋଇ ଘରଟା ପଡୁଚି। ଚୁଚୁନ୍ଦ୍ରା , ମୂଷା,ସାପ,ବେଙ୍ଗ, ଅସରପା ଙ୍କର ଅଗାଧ ପ୍ରବେଶ।ଛୋଟ ଘର କୁ ଚଳିବା ଭାରି କଷ୍ଟ। ଜିନିଷ ଟେ ଠିକ୍ ଭାବରେ କେଉଁଠି ରଖି ହେଉଚି ନା ଯତ୍ନ ଭଲ ଭାବରେ ନେଇ ହେଉଚି। କାହାକୁ ଦୋଷ ଦେବ ସବୁ ନିଜ ଭାଗ୍ୟ ର ଦୋଷ। ନିଜର ଘର ଟେ ଥିଲେ ହୁଏତ ସବୁ ପ୍ରକାର ସୁବିଧା କରି ହେଇଥାନ୍ତା, ଭଡ଼ା ଘରେ କି ସୁଖ ନା ଶାନ୍ତି।

ନିଜର ଜାଗା ବୋଲି ଗୁଣ୍ଠେ ନାହିଁ ଘର ବା ଆସିବ କେଉଁଠୁ। ଶୋଇବା ଘର ଠାରୁ ଆରମ୍ଭ କରି ରୋଷେଇ ଘର ଯାକେ ପାଦ ପକେଇବାକୁ ଠିକ୍ ସେ ଜାଗା ଟିକେ ନାହିଁ। ଘରକୁ କେହି କୁଣିଆ ଆସିବା କଥା କହିଲେ ସୁଷମା ରୋକ୍ ଠୋକ୍ ମନା କରିଦିଏ। ଲୋକ କ'ଣ ଭାବିବେ ବୋଲି ତା'ର ଭାରି ଚିନ୍ତା। ବାହାରୁ କେହି ଆସିଲେ ବସିବାକୁ କେଉଁଠି ଜାଗା ଇଞ୍ଚେ ? ନାହିଁ।

ନିଜେ ସିନା ପୁଅ କୁ ଧରି ଚଳି ଯାଉଚି , ଲୋକ ବେଶୀ ହେଲେ ଚଳିବ କେମିତି।

ଠାକୁର ଘର ଟେ ନାହିଁ ବୋଲି ମନ ଖରାପ କରି ଠାକୁରଙ୍କୁ କେତେ କଥା କହି ତାଙ୍କୁ ବୁଝେଇ ଦିଏ।

ବସି ପୂଜା କରିବାକୁ ମଧ ସେମିତି ଅସୁବିଧା, ଠିଆ ହୋଇ ପୂଜା କରେ।ମନର ଯେତେ ଦୁଃଖ ସବୁ ତାଙ୍କୁ ଶୁଣାଏ।

କହେ,ହେ ଠାକୁରେ !ତୁମର କ'ଣ ଇଛା ନାହିଁ ଭଲ ଘରେ ରହିବାକୁ। ମୋର କ୍ଷମତା ନାହିଁ ତମକୁ ଭଲରେ ପୂଜା ଅର୍ଚ୍ଚନା କରିପାରୁନି। ଭଲରେ ଫୁଲ, ଧୂପ, ଦୀପ, ଦେଇ ପୂଜା କରନ୍ତି, ତୁମକୁ ସଜେଇ ଦିଅନ୍ତି, ପର୍ବପର୍ବାଣୀ ରେ କେତେ ପିଠା ପଣା କରି ଭୋଗ ଲଗାନ୍ତି ହେଲେ କ'ଣ କରିବି । ମୁଁ ଯେମିତି ରହୁଚି ତୁମେ ବି ସେମିତି ରହୁଚ।

ମୋ ଉପରେ ମାନ ଅଭିମାନ କରିବନି ଠାକୁରେ । ଗୋଟିଏ ଥାକରେ ସବୁ ଠାକୁରଙ୍କୁ ଜାକିଜୁକି ଥୋଇଦେଇଚି ସିନା, କିନ୍ତୁ ପୂଜା ନକଲେ କି ଭୋଗ ଟିକେ ନଲଗେଇଲେ ସୁଷମା କୁ ଅଶାନ୍ତି ଲାଗେ।ଏପଟ ସେପଟ କରି ଛୋଟ ଛୋଟ ଠାକୁରଙ୍କ ତାଟିଆ ରେ ଭୋଗ ଲଗାଏ । ଯେଉଁ ଦିନ ମନହୁଏ ଠାକୁର ଙ୍କୁ ପିଠା କି ଖିଚୁଡ଼ି ଭୋଗ ଲଗେଇବା ପାଇଁ ସେଦିନ ସେ ଚିନ୍ତା କରେ କେଉଁ ଥିରେ ଭୋଗ ଲଗେଇବି ମୋ ପାଖରେ ତ କୌଣସି ବଡ଼ ପାତ୍ର ନାହିଁ। ଆଖି ଛଳ ଛଳ କରି ଯେତେକ ବାସନ ଥାଏ ତା' ଭିତରେ ଅରାଣ୍ଡି ପକାଏ କାଳେ କୌଣସି ବଡ଼ ଥାଳି ଟିଏ ପାଇଯିବ ଭୋଗ ବାଢ଼ିବାକୁ ।

ନା ସେ କାମ ନୁହେଁ। ପାରେନାହିଁ ଥକି ଯାଇ ଚୁପ୍ ଚାପ୍ ରହେ।

ସେଦିନ ଥାଏ ମାର୍ଗଶୀର ମାସ ଗୁରୁବାର। ମା' ମହାଲକ୍ଷ୍ମୀଙ୍କ ପାଖରେ ଭୋଗ ଲଗେଇବାକୁ ସୁଷମା ର ମନ ଉଚ୍ଛନ୍ନ ହେଉଥାଏ।ପ୍ରସାଦ ରାନ୍ଧିବା ପୂର୍ବରୁ ଠାକୁର ଙ୍କ ବାସନ ଭିତରେ ଖୋଜିବା ପାଇଁ ଲାଗିଲା। ମନ ବୁଝେନି ଯାଇ ଅଣ୍ଡାଳି ପକାଏ।ଅନେକ ଅଣ୍ଡାଳି ସାରିବା ପରେ ତା' ହାତରେ ଲାଗିଲା ଗୋଟିଏ ପୁରୁଣା ପିତ୍ତଳ ଥାଳି। କାହିଁ କେତେ କାଳରୁ ମଜାମଜି ହୋଇନାହିଁ। କଳା ପଡ଼ିଯାଇଚି।ସେ ଭୁଲି ଯାଇଥିଲା ତାକୁ ତା' ଶାଶୂ ଦେଇଥିବା ଥାଳି ପଟକ କଥା।

ସୁଷମା ଥାଳିଟି ଧରି ଶାଶୂଙ୍କ କଥା ମନେ ପକାଇ ଖୁସି ହୋଇଗଲା। ଏତିକି ଆଶୀର୍ବାଦ ସେ ତା'ର ଶାଶୂଙ୍କ ଠାରୁ ପାଇଥିଲା।

ଅନ୍ୟ ପୁଅ ବୋହୂ ଗହଣା, ଜାଗା ବାଡ଼ି,ପେନ୍

ସନ ଅର୍ଥ ସବୁ ଭାଗ ବୁଣ୍ଟୁରା କରି ନେଇଯାଉଥିବା ବେଳେ ଶାଶୂ ସୁଷମା ହାତରେ ପିତ୍ତଳ ଥାଳି ଟିଏ ଧରେଇ ଦେଇ କହିଥିଲେ,ନେ ଏଇଟା ସାଇତି ରଖିବୁ । କାହାକୁ ଦେବୁନାହିଁ।ମୋ ଆଶୀର୍ବାଦ ଭାବିବୁ।

ସୁଷମା ଖୁସି ହୋଇ ଶାଶୂଙ୍କ ପାଖରୁ ଥାଳି ଟି ନେଇଥିଲା। ସେଇଦିନଠାରୁ ସେ ତା' ପାଖରେ ରଖିଚି ସତ କିନ୍ତୁ କେବେ ବ୍ୟବହାର କରିବାର ସୁଯୋଗ ପାଇନଥିଲା।

ଥାଳି ଟି ଧରି ଖୁବ୍ ଖୁସି ହେଇ ତାକୁ ମଜା ମଜି କରି ଚକ୍ ଚକ୍ କରିଦେଲା । ଥାଳିରେ ତା' ମୁହଁ ଦେଖି ଶାଶୂ ଙ୍କୁ ଧନ୍ୟବାଦ ଦେଇ କହିଲା,ବୋଉ ଆଜି ଆପଣ ନାହାନ୍ତି ସତ , କିନ୍ତୁ ଆପଣଙ୍କ ଆଶୀର୍ବାଦ ମୋର ବହୁତ କାମ ଦେଲା। ସତରେ ବୋଉ ଆଜି ଏଇ ଥାଳି ଟି ଯଦି ମୋ ପାଖରେ ନଥାନ୍ତା ମୁଁ ଠାକୁର ଙ୍କ ପାଖରେ ଖିଚୁଡ଼ି ଭୋଗ କେମିତି ଲଗେଇଥାନ୍ତି। ମୋର ଧନ ଦଉଲତ ନାହିଁ , ସେଥିପାଇଁ ମୋ ମନରେ ଦୁଃଖ ଅଛି ସତ କିନ୍ତୁ ଏଇ ଭୋଗ ଥାଳି ନଥିଲେ ମୁଁ ନିଜକୁ ଆହୁରି ଗରିବ ମନେ କରିଥାନ୍ତି।

ଆପଣ ଦେଇଥିବା ଭୋଗ ଥାଳି ରେ ମୁଁ ଆଜି ଖିଚୁଡ଼ି ଭୋଗ ଲଗେଇ ନିଜକୁ ଧନ୍ୟ ମଣିବି ।

ସୁଷମା ଆଉ ଡେରି ନକରି ଭୋଗ ଥାଳିରେ ଭୋଗ ଲଗେଇ ଖୁସି ରେ ବିଭୋର ହେଉଥିଲା।

ମନେ ମନେ ଶାଶୂ ଙ୍କୁ ଧନ୍ୟବାଦ ଜଣେଇ କହୁଥିଲା, 'ବୋଉ ! ମୋ ପାଖରେ ଧନସମ୍ପତ୍ତି ଥିଲେ ଆଜି ହୁଏତ ମୁଁ ଏ ଆନନ୍ଦ ପାଇନଥାନ୍ତି। ନା ମୋ ପାଖରେ ଭକ୍ତି ଭାବ ଥାନ୍ତା ନା ସମର୍ପଣ ଭାବ।

ଆପଣଙ୍କ ଆଶୀର୍ବାଦ ମୋ ଉପରେ ଏମିତି ଥାଉ।'

ଠାକୁର ଙ୍କୁ ମୁଣ୍ଡିଆ ମାରି ଘର ର ଶୁଭ ମନାସି ସୁଷମା ନିଜକୁ ସୌଭାଗ୍ୟ ବତୀ ଭାବୁଥିଲା, କାହିଁକି ନା ତା' ପାଖରେ ତା'ର ଶାଶୂଙ୍କ ଆଶୀର୍ବାଦ ସ୍ୱରୂପ ଭୋଗ ଥାଳି ଟି ଯେ ଥିଲା।

*ବାଲେଶ୍ୱର*
*୮୯୧୭୫୭୧୨୦୨*

## ନିଖୋଜ ହେଉଛି ଋତୁ



ବାଦଲ ଭୂୟାଁ

ଋତୁଚକ୍ରରେ ଛଅ ଋତୁରୁ ହଜିଗଲାଣି ବସନ୍ତ, ଶରତ, ହେମନ୍ତ। ଶୀତ ନିଷ୍ପ୍ରଭ, ବର୍ଷା ଅସନ୍ତୁଳିତ। ବର୍ଷର ଛଅ ଋତୁ ଓ ବାର ମାସ ମଧ୍ୟରୁ ଏବେ ଅର୍ଦ୍ଧାଧିକ କାଳ ଅନୁଭୂତ ହେଉଛି ଗ୍ରୀଷ୍ମର ପ୍ରଭାବ। ପ୍ରଚଣ୍ଡ ସୂର୍ଯ୍ୟତାପ ପ୍ରଭାବ ପ୍ରାଣୀ ଜଗତ ଠାରୁ ଆରମ୍ଭ କରି ମେରୁ ପର୍ଯ୍ୟନ୍ତ ପରିବ୍ୟାପ୍ତ। ଜଳବାୟୁ ପରିବର୍ତ୍ତନ ବୃକ୍ଷରାଜି ଠାରୁ କୀଟପତଙ୍ଗ ସମସ୍ତେ ପ୍ରଭାବିତ। କ୍ରମବର୍ଦ୍ଧିଷ୍ଣୁ ଜନସଂଖ୍ୟା, ବର୍ଦ୍ଧିତ ଜନବସତିର ଆକାର, ପ୍ରତିବର୍ଷ ବୃଦ୍ଧି ପାଉଥିବା ଗାଡିମୋଟର ସଂଖ୍ୟା, ବ୍ୟାପକ ଶିଳ୍ପାୟନ, ଜଙ୍ଗଲ ହ୍ରାସ ଆଦି ବିଭିନ୍ନ କାରଣ ଜଳବାୟୁ ପରିବର୍ତ୍ତନର କାରକ ଭାବରେ ଗଣାଯାଉଛି। ମଣିଷ ଯେତେ ଆଧୁନିକ ଓ ବିଳାସୀ ହେଉଛି ଜଳବାୟୁ ଉପରେ ତାହାର ପ୍ରଭାବ ସେତେ ଅଧିକ ପଡୁଛି। ତିନି ଦଶନ୍ଧି ପୂର୍ବରୁ ଅକ୍ଟୋବର ମାସର ଧୂଳିଆ ଅପରାହ୍ନ ସାଙ୍ଗକୁ ସଞ୍ଜକୁ ଢ଼ାଙ୍କି ଦେଉଥିଲା କଅଁଳ ଶୀତ ଚାଦର। ଶରତ କାଶତଣ୍ଡୀ ସାଙ୍ଗରେ ଆସୁଥିବା ଶୀତ ଶବିରାତ୍ରୀ ପର୍ଯ୍ୟନ୍ତ ଶୀତ ଅନୁଭୂତ ହେଉଥିଲା। ଦୋଳ ଠାରୁ ଖରା ଟିକେ ଟିକେ ଲାଗୁଥିଲା, ଆଉ ରଜ ବେଳକୁ ବୁନ୍ଦାବୁନ୍ଦା ବର୍ଷା ଖରାକୁ ଠେଲି ଦେଉଥିଲା ଦୂରକୁ। ମାତ୍ର ଏବେ ଋତୁଚକ୍ରରେ ଆସିଛି ବଡ଼ ପରିବର୍ତ୍ତନ। ଦିଲ୍ଲୀ ପରି ବଡ଼ ବଡ଼ ସହରରେ ସ୍ମଗ ସାଧାରଣ ଜୀବନଯାତ୍ରାକୁ ବ୍ୟତିବ୍ୟସ୍ତ କରି ଦେଇଛି। ଲୋକମାନେ ଖୋଜୁଛନ୍ତି ଶୁଦ୍ଧ ବାୟୁ। ଏପରିକି କିଛି ଅଞ୍ଚଳରେ ଶୁଦ୍ଧ ବାୟୁ ସିଲିଣ୍ଡରରେ ଭର୍ତ୍ତି କରି ବିକ୍ରି କରାଯାଉଥିବା ଖବର ବି ମିଳିବାରେ ଲାଗିଛି। କେବଳ ସେତିକି ନୁହେଁ, ବରଫ ମେରୁ ତରଳିବା ଯେବେ ଠୁ ଆରମ୍ଭ ହେଲାଣି, ସେବେଠାରୁ ବିଶ୍ୱ ଉପରେ ବିପଦ ବି ବଢ଼ିବାରେ ଲାଗିଛି। ସତରେ କ'ଣ ବରଫ ମେରୁ ତରଳି ଯିବ? ଯଦି ତରଳିଯାଏ, ତେବେ ବିଶ୍ୱ ଉପରେ ଏହାର କ'ଣ ପ୍ରଭାବ ପଡ଼ିବ ତାକୁ ନେଇ ଆରମ୍ଭ ହୋଇଛି ତର୍ଜମା। ଏପରିକି ଆଗାମୀ କିଛି ବର୍ଷ ମଧ୍ୟରେ ସମୁଦ୍ର ତଟବର୍ତ୍ତୀ ବିଶ୍ୱର ବହୁ ବଡ଼ ସହର ସହ ଭାରତର ୧୨ ସହର ମଧ୍ୟକୁ ସମୁଦ୍ର ମାଡ଼ି ଆସିବ ବୋଲି ମଧ ଆକଳନ କରାଯାଉଛି। ଏହାମଧ୍ୟରେ ଆମ ରାଜ୍ୟରେ ପାରାଦ୍ୱୀପ ମଧ୍ୟ ରହିଛି।

ତେବେ ପ୍ରଶ୍ନ ଉଠୁଛି କାହିଁକି ଏପରି ହେଉଛି ? କାହିଁକି ଋତୁଚକ୍ରରୁ ହଜି ଯାଉଛି ଋତୁ? କାହିଁକି ବର୍ଷରେ ଛଅ ଋତୁ ବଦଳରେ ତିନିଟି ଋତୁ ଅନୁଭୂତ ହେଉଛି। କାହିଁକି ବଢୁଛି ତାତି ? କାହିଁକି ତରଳୁଛି ବରଫ ମେରୁ? ବିକଶିତ, ବିକାଶଶୀଳ ଓ ବିକାଶମୁଖୀ ସବୁ ରାଷ୍ଟ୍ର ଏଥିପାଇଁ ଉଦ୍‌ବେଗ ପ୍ରକାଶ କରୁଛନ୍ତି। ଏହି ପ୍ରସଙ୍ଗକୁ ନେଇ ବୈଜ୍ଞାନିକ, ବିଶେଷଜ୍ଞ, ରାଜନୀତିଜ୍ଞ ସମସ୍ତେ ଚିନ୍ତିତ। ଆନ୍ତର୍ଜାତୀୟସ୍ତରରେ ଜଳବାୟୁ ସମ୍ମିଳନୀ ଡକାଯାଉଛି। ପରିବେଶ ପ୍ରଦୂଷଣ ରୋକିବା ନିମନ୍ତେ ନକ୍ସା ପ୍ରସ୍ତୁତ ହେଉଛି। ଋତୁ ପରିବର୍ତ୍ତନରେ ଅନିୟମିତା ଏବେ ଏକ ମୁଖ୍ୟ ସମସ୍ୟା ପାଲଟିଛି। ବର୍ଷା ଋତୁରେ ନା ଆବଶ୍ୟକ ପରିମାଣର ବର୍ଷା ହେଉଛି ନା ଶୀତ, ଋତୁରେ ଅନୁଭବ କରି ହେଉଛି ଜାଡ଼କୁ। ସେହିପରି ଗ୍ରୀଷ୍ମ ଋତୁରେ ଖରାର ପ୍ରକୋପ ଅସ୍ତବ୍ୟସ୍ତ କରିଦେଉଛି ପ୍ରାଣୀ ଜଗତକୁ। ଏ ସବୁ ଜଳବାୟୁ ପରିବର୍ତ୍ତନର ପରିଣାମ ଭୋଗିବାକୁ ପଡୁଛି ମଣିଷ ଓ ଜୀବଜଗତକୁ। ଜଳବାୟୁ ପରିବର୍ତ୍ତନର କୁପ୍ରଭାବରେ ବିଲୁପ୍ତ ହୋଇଯାଉଛନ୍ତି ଅନେକ କୀଟ, ସରୀସୃପ, ପକ୍ଷୀ, ଜୀବଜନ୍ତୁ। ବର୍ଷା ଋତୁରେ ପ୍ରକୃତିର ମଜା ନେଇ ପାରୁନାହାନ୍ତି କୁନି କୁନି ପିଲାମାନେ। ବାଡ଼ି ପଛ ପଟେ କଙ୍କି ଧରିବାର ମଜା ହେଉ ବା ଫୁଲ ବଗିଚାରେ ରଙ୍ଗିନ ପ୍ରଜାପତି ପଛେ ପଛେ ଦୌଡ଼ିବାର ଅଫୁରନ୍ତ ଆନନ୍ଦ ପାଇପାରୁନାହାନ୍ତି ଏବକାର ପିଲାମାନେ। ବର୍ଷା ଋତୁ ଆସିଲେ ବାଡ଼ି ପଛପଟେ ବୁଦା ମୂଳରେ ଏଣ୍ଡୁଅ ମୁଣ୍ଡ ଟେକିବାର ଚିରାଚରିତ ଦୃଶ୍ୟ ଆଉ ଦେଖିବାକୁ ମିଳୁନି। ଲାଲ ଟୁକୁଟୁକୁ ସାଧବ ବୋହୂକୁ ହାତରେ ଧରି ଉଲ୍ଲସିତ ହେବାର ଅପୂର୍ବ ସୁଯୋଗ ମିଳୁନାହିଁ। ଏହା ଆକର୍ଷଣୀୟ ଜୀବ ଆମ ଚାରି ପାଖରୁ ଧୀରେ ଧୀରେ ଲୋପ ପାଇବାକୁ ବସିଲେଣି। ଏହାର ପ୍ରମୁଖ କାରଣ ହେଉଛି ଜଳବାୟୁ ପରିବର୍ତ୍ତନ। ତେଣୁ ପିଲାଦିନର ମଧୁର ସ୍ମୃତିକୁ ଜାବୁଡ଼ି ଧରିବାର ଦିନ ହଜି ହଜି ଯାଉଛି। ଜଳବାୟୁ ପରିବର୍ତ୍ତନର କୁପ୍ରଭାବ ସିଧାସଳଖ ପଡୁଛି ଉଦ୍ଭିଦ ଜଗତ ଉପରେ। ଖରା, ବର୍ଷା, ଶୀତରେ ଅନିୟମିତତା ଯୋଗୁଁ ଗଛଲତାଗୁଡ଼ିକ ଠିକ ଭାବରେ ବଢ଼ି ପାରୁନାହିଁ। ଫୁଲ, ଫଳ ଧରିବାରେ ବିଳମ୍ବ ହେଉଛି। ଜଳବାୟୁ ପରିବର୍ତ୍ତନ ଅନ୍ୟତମ କାରଣ ଗ୍ଲୋବାଲ ୱାର୍ମିଂ ବା ବିଶ୍ୱ ତାପମାତ୍ରା। ଏବେ ଗ୍ଲୋବାଲ ୱାର୍ମିଂ ବିଶ୍ୱର ସବୁଠାରୁ ବଡ଼ ସମସ୍ୟା ପାଲଟିଛି। ଏଥିରୁ ରକ୍ଷା ପାଇବା ପାଇଁ ସାରା ବିଶ୍ୱରେ ପ୍ରୟାସ ଜାରି ରହିଛି। ବିଶ୍ୱସ୍ତରରେ ଗ୍ଲୋବାଲ ୱାର୍ମିଂ ଯୋଗୁଁ ଗ୍ଲେସିୟର ତରଳି ସମୁଦ୍ର ଜଳସ୍ତର ବୃଦ୍ଧି ପାଇବାରେ ଲାଗିଛି। ଫଳରେ ପ୍ରାକୃତିକ ବିପର୍ଯ୍ୟୟ ସୃଷ୍ଟି ହେବା ସହିତ ସମୁଦ୍ର ଆଖପାଖ ଦ୍ୱୀପ ବୁଡ଼ି ଯିବାର ଆଶଙ୍କା ରହିଛି। ଜଳବାୟୁ ପରିବର୍ତ୍ତନ ଓ ଦ୍ରୁତଗତିରେ ଜଙ୍ଗଲ ହ୍ରାସ ଯୋଗୁଁ ଅନେକ ଜଙ୍ଗଲୀ ଜୀବଜନ୍ତୁ ଲୋପ ପାଇବାରେ ଲାଗିଛନ୍ତି। ଅନେକ ବିରଳ ପ୍ରଜାତିର ପଶୁ, ପକ୍ଷୀ, ଧୀରେ ଧୀରେ ପୃଥିବୀ ବକ୍ଷରୁ ନିଶ୍ଚିହ୍ନ ହେବାରେ ଲାଗିଛନ୍ତି। ବିଶେଷଜ୍ଞଙ୍କ ମତ ଅନୁସାରେ ୨୦୫୦ ମସିହା ସୁଦ୍ଧା ପୃଥିବୀର ଏକ ଚତୁର୍ଥାଂଶ ପ୍ରଜାତିର ଜୀବଜନ୍ତୁ ବିଲୁପ୍ତ ହୋଇଯିବାର ଆଶଙ୍କା ରହିଛି। ଜଳବାୟୁ ପରିବର୍ତ୍ତନ ଯୋଗୁଁ ବିଭିନ୍ନ ରୋଗ ସଂକ୍ରମଣ ଓ ମୃତ୍ୟୁ ସଂଖ୍ୟା ବଢ଼ିବାରେ ଲାଗିଛି। ଭବିଷ୍ୟତରେ ଜଳବାୟୁ ପରିବର୍ତ୍ତନର ପରିଣାମ ସ୍ୱରପ ମ୍ୟାଲେରିଆ ଓ ଡେଙ୍ଗୁ ଭଳି ରୋଗ ବଢ଼ିବାର ସମ୍ଭାବନା ଅଧିକ ରହିଛି। ଏପରିକି ଏଭଳି ରୋଗକୁ ନିୟନ୍ତ୍ରଣ କରିବା କଷ୍ଟକର ହୋଇପଡ଼ିବ। ଜଳବାୟୁ ପରିବର୍ତ୍ତନ ଯୋଗୁଁ ଜଙ୍ଗଲରେ ନିଆଁ ଲାଗୁଛି। ତୀବ୍ର ଗରମ ଓ ଶୁଷ୍କ ପରିବେଶ କାରଣରୁ ଜଙ୍ଗଲରେ ଅଗ୍ନିକାଣ୍ଡ ଘଟୁଛି। ବ୍ରାଜିଲସ୍ଥିତ ନ୍ୟାସନାଲ ଇନଷ୍ଟିଚ୍ୟୁଟ ଫର ସ୍ପେସ ରିସର୍ଚ୍ଚ ବା ଆଇଏନପିଇର ତଥ୍ୟ ଅନୁସାରେ ୨୦୧୯ ଜାନୁଆରୀରୁ ଏ ପର୍ଯ୍ୟନ୍ତ ବ୍ରାଜିଲର ଅମାଜନ ଜଙ୍ଗଲରେ ୭୪,୧୫୫ ଥର ନିଆଁ ଲାଗିଲାଣି। ସେହିପରି ଆମ ଦେଶର ବିଭିନ୍ନ ରାଜ୍ୟରେ ବନାଗ୍ନି ଯୋଗୁଁ ବିପୁଳ କ୍ଷତି ଘଟୁଛି। ଓଡ଼ିଶା ବି ଏଥିରୁ ବାଦ ପଡ଼ିନାହିଁ। ଜଙ୍ଗଲରେ ନିଆଁ ଲାଗିବା ଫଳରେ ବ୍ୟାପକ ପରିମାଣରେ ବିରଳ ଗଛ, ଔଷଧୀୟ ଗୁଳ୍ମ ନଷ୍ଟ ହୋଇଯାଉଛି। ଏପରିକି ଅନେକ ବିରଳ ପ୍ରଜାତିର ଜୀବଜନ୍ତୁ ଜୀବନ୍ତ ଦଗ୍ଧ ହେଉଛନ୍ତି। ସତ ହେବ କି ମାଳିକା ବଚନ ! ବାଇଶି ପାହାଚେ ଖେଳିବ ମୀନ! ଜଳବାୟୁ ପରିବର୍ତ୍ତନ ଯୋଗୁଁ ମାଳିକାର ବଚନ ସତ ହେବ ବୋଲି ଆଶା କରାଯାଉଛି। ଆସନ୍ତା ୨୦୩୦ ମସିହା ମଧ୍ୟରେ ଦେଶରେ ଅନେକ ସମୁଦ୍ର କୂଳିଆ ସହର ଜଳମଗ୍ନ ହୋଇଯିବ। ସମୁଦ୍ରରୁ ବଡ଼ ବଡ଼ ଲହଡ଼ି ଆସି ସହରକୁ ଜଳମଗ୍ନ କରିଦେବ ବୋଲି ମାଳିକାରେ ବର୍ଣ୍ଣନା କରାଯାଇଛି। ଆଉ ଏହା ଅନେକ ପରିମାଣରେ ସତ ହୋଇଛି। ଅତୀତରେ ସାମୁଦ୍ରିକ ଝଡ଼ ଫଳରେ ସମୁଦ୍ର ଜଗ ସହର ଆଡ଼କୁ ମାଡ଼ି ଆସିଥିଲା। ଯେଉଁ ଭଳି ଭାବେ ସମୁଦ୍ର କୂଳ ଲଙ୍ଘିବାରେ ଲାଗିଛି, ଆଗାମୀ ଦିନରେ ଏହା ସତରେ ପରିଣତ ହେବ ନିଶ୍ଚିତ। କାରଣ ନିକଟ ଅତୀତରେ ଏକ ରିପୋର୍ଟ ପ୍ରକାଶ ପାଇଛି ଯେଉଁଥିରେ ଉଲ୍ଲେଖ ରହିଛି, ମୁମ୍ବାଇ, କୋଚି, ମାଙ୍ଗାଲୁରୁ, ବିଶାଖାପାଟନମ୍, ତିରୁଅନନ୍ତପୁରମ ଆଦି ସହର ସମୁଦ୍ର ଗର୍ଭରେ ଲୀନ ହୋଇଯିବ।

*ପ୍ରତିଷ୍ଠାତା ସମ୍ପାଦକ 'ସିଂହଭୂମ',*
*୪ଜି ପ୍ରତାପ ଆପାର୍ଟମେଣ୍ଟ, ୭*
*ଏକ୍ସଟେନସନ ରୋଡ଼, ପୁରୁଣା*
*ସୋନାରୀ, ଜାମସେଦପୁର,*
*ଦୂରଭାଷ :*
*୭୪୮୮୯୯୮୫୩୨*

## ପାଦ ଦର୍ଶନ

*ସୁଦର୍ଶନ ମହାପାତ୍ର*



ଛତ୍ର ଅର୍ଦ୍ଧଛତ୍ର ମତ୍ସ୍ୟ ବର୍ଚ୍ଛା ଦେବୀ
ଅଙ୍କୁଶ ଧ୍ୱଜ ପର୍ବତ
ଶଂଖ ଚକ୍ର ଗଦା ପଦ୍ମ ରଥ ଲତା
ସେ ପାଦପଦ୍ମେ ଚିହ୍ନିତ ॥

ସେ ପାଦ ଦର୍ଶନ ଯା'ଭାଗ୍ୟେ ଜୁଟଇ
ପ୍ରାପ୍ତି ସିଦ୍ଧି ତପ ଫଳ
ପାବନୀ ଗଙ୍ଗାରେ ସ୍ନାନ ଠୁ ଅଧିକ
ପବିତ୍ରତମ ସେ ସ୍ଥଳ ॥

ଜନ୍ମ ଜନ୍ମାନ୍ତର ପାପ ହୋଇଯାଏ
ସେ ପାଦ ଦର୍ଶନେ କ୍ଷୟ
କାର୍ତ୍ତିକ ଯାଚ଼ଇ ମାହେନ୍ଦ୍ର ମୂହୁର୍ତ୍ତ
ସେ ପାଦେ ଭକ୍ତର ଲୟ ॥

ପବିତ୍ର ଅଁଳା ନବମୀ ତିଥିରେ
ଭକତ ଭାବେ ବିହ୍ୱଳ
ନିଷ୍କାମ ଭକ୍ତିର ପରାକାଷ୍ଠା ପରା
ଶ୍ରୀରାଧା ପଦଯୁଗଳ ॥

ଶୁକ୍ଳପକ୍ଷର ଏ ପୂଣ୍ୟତମ ତିଥି
ଧାତ୍ରୀ ନବମୀ ରେ ଖ୍ୟାତ
ସେ ପାଦେ ଦର୍ଶିତ ନିର୍ମହ ନୈବେଦ୍ୟ
ନିରୁତା ପ୍ରେମର ଚିତ୍ର ॥

ବ୍ୟାକୁଳିତ ପ୍ରାଣ ଧାଏଁ କୋଶେ ଦୂର
ରଖି ଚିନ୍ତାକଞ୍ଚ ମୋକ୍ଷ
ଆହା କି ସୁଷମା ମଣ୍ଡିତ ସେ ପାଦ
ଶୋଭା ଯା'ର ନିର୍ବିକଳ୍ପ ॥

ସେ ପାଦ ଦର୍ଶନେ ଦେବତା ମୋହିତ
ଅନେକାନେକ ସେ ତୀର୍ଥ
ଆଶା ଆକାଂକ୍ଷାର ମହାର୍ଘ ମାର୍ଗ ସେ
ପାଦ ଦର୍ଶନର କ୍ଷେତ୍ର ॥

*କୁଞ୍ଜବିହାରୀ ଲେନ, କଟକ*

## ବସୁଧା

*ରଜନୀକାନ୍ତି ମିଶ୍ର*



ଜାଲୁଜାଲୁଆ ଅନ୍ଧାର ପରି
ଯେଉଁ ସକାଳ ଆସେ
ତାକୁ ସ୍ୱାଗତ କରେ ବସୁଧା
ଗତକାଲିର ମେହନତ
ମଦୁଆ ସ୍ୱାମୀର ଗାଳି ଫଜିତ
ଦେହର ଦରଜ ଆଜିକୁ ନଥାଏ
ନୂଆ ସକାଳରେ
ପୁଣି ଥରେ ଉନ୍ମେଷିତ ହୋଇ
ତା'ର ବିଭୋର ହେବାର ବେଳ

ବସୁଧା ସଂସାର ଭିତରେ
ଫାଳେ ଭୋଗେ ଜହ୍ନରାତି
ତ' ଫାଳେ ଭୋଗେ ଧୁ ଧୁ ଖରାତାତି
ରାତି ଆକାଶରେ ତାରା ମାନେ
ସକାଳକୁ କୁରେଇ ଫୁଲ ପାଲଟି
ସଜେଇ ହୁଅନ୍ତି ତା' ଗଭାରେ
ନିମ୍ବ ତେଲରେ ଜରଜର
କଳା ମଚ଼ମଚ଼ କେଶ କେରାକରେ
ସେସବୁ ବେଶ୍ ମାନନ୍ତି
ପେଜ ଦିଆ ବାସି ତୋରାଣି ଭିତରେ
ମୁଠାଏ ଭାତ ଲୁଚ଼କାଳି ଖେଳୁଥାନ୍ତି
ଆର ବେଳା ପାଇଁ ଖାଇବା ସଜାଡି
ବସୁଧା ବାହାରେ କାମକୁ
ତା ହାଡୁଆ ଦେହରେ କାଳିସୀ ଲାଗେ
ଦଶ ବାରଟା ଇଟା ମୁଣ୍ଡେଇ ଶିଡି ଚଢେ
ଗାମଲା ଭର୍ତ୍ତି ବାଲି ସିମେଣ୍ଟ ବୋହିନିଏ

ସଞ୍ଜ ନଇଁଲେ
ହାତ ଗୋଡ ମୁହଁ ରଗଡ଼ି ଧୁଏ
ଚୁଲି ଜଳାଏ
ଚ଼ାଉଳ ଫୁଟାଏ
ଅଝଟ ପିଲାଙ୍କୁ କୋଳରେ ଧରି
ଜହ୍ନ ଦେଖାଏ
ନାନା ବାୟା ଗୀତ ଗାଏ
ବସୁଧା ଜଣେ ନାରୀ
କାହାର ମାଆ କାହାର ଜାୟା
ବଞ୍ଚିବାର ସବୁ ସୂତ୍ର ଆପଣାଏ
ଦୁଃଖକୁ ପରାସ୍ତ କରିବାକୁ ପଣ ନିଏ
ଅଭାବବୋଧକୁ ନଗଣ୍ୟ ମଣେ
ଗୋଟିଏ ସରଳ ତରଳ ଜୀବନ ଜୀଇଁ
ନିଜକୁ ସାବ୍ୟସ୍ତ କରେ ସେ ସ୍ୱୟଂସିଦ୍ଧା
ସର୍ବଗୁଣସମ୍ପନ୍ନା.. ସର୍ବଂସହା
ବସୁଧା..!!!

*ଆଳି, କେନ୍ଦ୍ରାପଡା*

## ଏ ମନ ତୁମକୁ ଝୁରେ

*ନିରଞ୍ଜନ ସାହୁ*



ଫୁଲକୁ ଫଗୁଣ ଝୁରି ହେଉଥାଏ
ବର୍ଷାକୁ ଶ୍ରାବଣ ଝୁରେ
ତୁମକୁ ସେମିତି ମୁହିଁ ଝୁରୁଥାଏ
ଜୀବନର ସାତସୁରେ ।

ଏମିତି କେମିତି କିମିଆଁ କରିଛ
ତୁମକୁ ପାରୁନି ଛାଡି
ତୁମ ବିନା କୁହ କେମିତି ଚ଼ାଲିବ
ମୋହରି ସଂସାର ଗାଡ଼ି
ଶତଚେଷ୍ଟା କରି ରହିପାରେ ନାହିଁ
ତୁମଠୁଁ ସାମାନ୍ୟ ଦୂରେ ।

ଏକାଏକା ଥିଲି ସେତେବେଳେ ମୁହିଁ
ଜୀବନ ଅଲଗା ଥିଲା
ତୁମେ ଆସି ଯୋଡି ହୋଇଗଲା ପରେ
ସବୁକିଛି ବଦଳିଲା
ତୁମକୁ ନିମିଷେ ପାଖରୁ ଛାଡିଲେ
ମଥାଟା ମୋହରି ଘୁରେ ।

କହିବ କି ମୋତେ ଗୋପନ ରହସ୍ୟ
ଏକଥାର ଅଛି ଯାହା
ତୁମେ ତ କରିଛ ତୁମେ ବୁଝାଇବ
ଅବୁଝା ରହିଛି ତାହା
ସାତଜନ୍ମ ପାଇଁ ଲୋଡ଼ା ତୁମେ ମୋର
ମର୍ତ୍ତ୍ୟପୁରେ ସ୍ୱର୍ଗପୁରେ ।

*ନିହଲ ପ୍ରସାଦ , ଗଁଡିଆ ପାଟଣା*
*ଢେଙ୍କାନାଳ -୭୫୯୦୧୬*
*ମୋ : ୯୯୩୮୭୪୧୫୮୩*

## ଭଲ ପାଇବାର ମିଛ ଅଭିନୟ

*କବିରତ୍ନ ନୂତନ କୁମାର ବେହେରା*



ତୁମ ଭଲ ପାଇବାର ମିଛ ଅଭିନୟ
ବାସ୍ତବରେ ଜାଣିବା ଦୁଃସାଧ
ଅଭିନୟ କଳାରେ ତୁମେ ତ ମାହିର
ଆଖି ମୁହଁର ନିଖୁଣ ଅଙ୍ଗ ଭଙ୍ଗୀ
ଆଉ ସଂଳାପ ବି ହୃଦୟସ୍ପର୍ଶୀ
ଜଣେ ପେଶାଦାର ଅଭିନେତାଠୁ ବଳି
ରଙ୍ଗ ବଦଳାଇବାରେ ପୋହଳା ଏଣ୍ଟୁଅ
ତୁମକୁ ଚିହ୍ନିବା ଭାରି ମୁସ୍କିଲ୍
କଥା ତୁମର କୁହୁକ ମନ୍ତ୍ର
ଭୁଲାଇ ଦିଅ ରୂପ ରୂପାନ୍ତରରେ
କାଉଁରୀ ବିଦ୍ୟାର ତୁମେ ତ ଓସ୍ତାତ୍
ଏ ସବୁ ଜାଣିବାକୁ ମୋର ଡେରି ହେଲା
ଜାଣି ନ ଥିଲି କାଞ୍ଚନ ପରି ଚମକୁଥିବା
ଚେହେରାଟି ତୁମର କାଚ଼ ଟୁକୁରା
ହୀରା ଭଳି ଝଲସୁଥିଲ ମୋ ଆଖିରେ
ନିରେଖି ଦେଖିବାରୁ ଜାଣିଲି
ସେଇଟା ଏକ କୋଇଲା ଖଣ୍ଡ
ଭଲ ହେଲା କିଛି ଭୁଲ୍ କରିବା ଆଗରୁ
ଖୋଲି ଗଲା ତୁମର ମୁଖା
ବଞ୍ଚି ଗଲି ମୁଁ ଏକ ହିଂସ୍ର ଶାର୍ଦ୍ଦୁଳଠାରୁ
ଭଲ ପାଇବାର ମିଛ ଅଭିନୟ
ତୁମ ମହଙ୍ଗା ପଡିଲା
ସାବଧାନ ହୋଇ ଯାଅ ଏଣିକି
ଏବେ ବାଘ ବି ଶିକାର ହେଉଛି
ରାସ୍ତାରେ
ଅନ୍ୟକୁ ଜୀବନରେ ମାରିବା ଆଗରୁ
ଥରେ ନିଜ ଜୀବନ କଥା ଭାବ
ମିଛ ଅଭିନୟ କେବଳ ରଙ୍ଗମଞ୍ଚ ପାଇଁ
ବାସ୍ତବ ଜୀବନରେ କଲେ ଏମିତି
ଠକେଇବା ଆଗରୁ ଠକି ଯିବ
ଜିତିବା ପୂର୍ବରୁ ହାରିଯିବ ସଂପୂର୍ଣ୍ଣ
ଭାବରେ
କ୍ଷତାକ୍ତ ରକ୍ତ ଜୁଡୁବୁଡୁ ଦେହକୁ ନେଇ
ଦେଖୁ ଥିବ ମରଣକୁ ଶୋଇ ଶୋଇ
ବିଛଣାରେ
ସ୍ୱପ୍ନ ସବୁ ଆସୁଥିବେ ଦୁଃସ୍ୱପ୍ନ ହୋଇ
ଭୁଲି ଯିବ ଶିଖିଥିବା ଯେତେ କଳା
କୌଶଳ
ଆଉ କେବେ ତୁମ ମନକୁ ଆସିବନି
କରିବାକୁ ଭଲ ପାଇବାର ମିଛ
ଅଭିନୟ...।

*କୋହି,ବାରିପଦା,ମୟୂରଭଞ୍ଜ,*
*ଦୂରଭାଷ ୮୦୧୮୩୫୩୩୨୨*

## ଶବ୍ଦମୟତା

*ଆଦ୍ୟାଶା ମହାପାତ୍ର*



ଚିରାଚରିତ ଶବ୍ଦମୟତା ଭିତରେ
ଜୀବନ କେବେ ହୁଏ ଉପହାସିତ
ଶବ୍ଦର ବ୍ରହ୍ମାସ୍ତ୍ରରେ ଜଳିଯାଏ
ଯୋଜନ ଯୋଜନ ନଗ୍ର,ଜନପଦ
ହୃଦୟର ଅନ୍ତଃସ୍ଥଳ
ଶବ୍ଦ ଗୋଟେ ଶାଣିତ ଘାତକ
ହତ୍ୟା କରିବସେ
ନିଜ ଦେଶ, ନିଜ ବଂଶ
ନିଜର ଶେଷ ସନ୍ତକ...

ଶବ୍ଦ ପୁଣି କେବେ
ଚ଼ପଳ ଓଠର ଧ୍ରୁପଦୀ କବିତା
ଶବ୍ଦ କେବେ କୋମଳ ଗାନ୍ଧାର
ମାନମୟୀ ପାଇଁ ପ୍ରୀତି ମଧୁରତା
ଶବ୍ଦ କେବେ ହାସ୍ୟ ଲାସ୍ୟ
ମର୍ମେ ମର୍ମେ ଭରେ ମାଦକତା

ଶବ୍ଦ କେବେ ବାତବଣା ହେଲେ
ଘନଘୋର ରାତି ଆସେ ମାଡି
କେବେ ଆସେ ଅଦିନିଆ ଝଡ଼
କ୍ରୋଧାନ୍ଧ କାଳ ବଇଶାଖୀ
ଶବ୍ଦ ପୁଣି ଭାଙ୍ଗିଦେଇ ପାରେ
ଗଢିଥିବା ପ୍ରେମର ସ୍ମାରକୀ ...!!!

*ନୂଆପଡା, କଟକ*

## ନଈ

*କବି କେଶବ ଚନ୍ଦ୍ର ନାୟକ*



ପାହାଡରୁ ଜନ୍ମ ତୋର
ବରଷା ତୋ ଭରସା
କେବେ ପୁଣି ବନ୍ୟା ରଚୁ
କେବେ ହରୁ ପିପାସା.....!!
ବର୍ଷା କାଳେ ପାଉ ପ୍ରାଣ
କଲ୍ଲୋଳିତ ସଲିଳ....
ଗ୍ରୀଷ୍ମେ ତୋର ମୃତ୍ୟୁ ଘଟେ
ଅପଘନ ନିଷ୍ଫଳ.....!!
ତୋ ବକ୍ଷରେ କେବେ ଚ଼ାଲେ
ନାବିକର ନଉକା....
ଭରା ନଈ ନିଏ ପ୍ରାଣ
ଚିତ୍ତ ?-ଭୟ-ଆଶଙ୍କା....!!
ଶୁଷ୍କ ହେଲେ ଜଳ ରାଶି
କୂଳେ ପଡେ ନଉକା.....
ଜଳଥିଲେ ନାବ କ୍ରୀଡା
ପୀଡା ହରେ ନାୟିକା.....!!
ଶୀତ ଦିନେ ନଈ ନୀର
ସ୍ୱଚ୍ଛ କାଚ଼ ମୁକୁର.....
ଜହ୍ନ ଜ୍ୟୋସ୍ନା ପଡିଥିଲେ
ଲାଗେ କେଡେ ସୁନ୍ଦର....!!
ସେ ନଈରେ ସୁନା ଗୋରୀ
ଶୁଦ୍ଧ ସ୍ନାନ କରଇ....
ଭିଜା ଭିଜା ଦୁକୁଳରେ
ମନ ପ୍ରାଣ ହରଇ....!!
କୋମଳ ବାଲୁକା ରାଶି
ପୃଷ୍ଠ ? ପାଦ ଥାପଇ....
କମଳ ପୟରେ ବାଧା
ଉତ୍ପନ୍ନ ନହୁଅଇ....!!
ନଈରେ ମୀନ ଖେଳିଲେ
ବକ ମନ ଆନନ୍ଦ...
ଧ୍ୟାନ ମଗ୍ନେ ଧରେ ମୀନ
ନଥାଏଟି ବିପଦ....!!
ନଈ ପାଣି ତେଣ୍ଡି ଚ଼ାଷୀ
ଉପୁଜାଏ ଫସଲ....
ନଈ ସିନା ଦୁନିଆରେ
ଉପକାରୀ ଅମୂଲ.....!!
ଶୁଖେ ଯେବେ ନଈଟିଏ
ଜନ ଶୂନ୍ୟ ତା' ତଟ....
ଜଳ ଶୂନ୍ୟେ ହାହାକାର
ଅକାଳ କି ସଂକଟ....!!

*(ସଭାପତି,ଉତ୍କଳ*
*ସାହିତ୍ୟ ସଂସଦ,ମାଲକାନଗିରି)*
*ମୋବା:୯୪୩୭୭୭୯୪୪୭*

## ଜନ୍ମ ନିଅ କବିବର

*ସିଲୁ ଦଲେଇ*



ପ୍ରଣାମ ଘେନ ହେ ଯୁଗ ସ୍ରଷ୍ଟା ତୁମେ
ଘେନ ଏ ଶିଶୁ ପ୍ରଣାମ,
ଓଡ଼ିଆ ଭାଷାର ସାଧନା ନିମନ୍ତେ
ଲଭ ହେ ଆଦ୍ୟ ଜନମ ।
ବଙ୍ଗଳାରୁ ତୁମେ ଓଡ଼ିଆ ହୋଇଲ
ଆଦରି ଓଡ଼ିଶା ଛବି,
ଆଜିର ଉତ୍କଳେ ଏ ଓଡ଼ିଆ ଜାତି
କହେ ଓଡ଼ିଆ ଭୁଲିବି ।
ଜନ୍ମ ନିଅ ଜନ୍ମ ନିଅ କବିବର
ଚାହିଁଛି କେଦାରପୁର,
ଶୂନ୍ୟ କୋଳେ କାନ୍ଦେ ମୋ ଉତ୍କଳ ମାତା
ଜନ୍ମ ନିଅ କବିବର ।
ଏକାକୀ ନ ଆସ ହେ ଚିଲିକା ସ୍ରଷ୍ଟା
ହେବ ତୁମେ ମର୍ମାହତ,
ତୁମରି ଭାଷାକୁ ସଭ୍ୟ ସନ୍ତାନେ
କରନ୍ତି କେଡ଼ ? କୁତ୍ସିତ ।
ଏକାକୀ ନ ଆସ ହେ ପ୍ରକୃତି କବି
ଏକାକୀ କେବେ ନ ଆସ,
ବ୍ୟାସ ଦାସ ଗଙ୍ଗା କାନ୍ତ ମିଶ୍ର ବନ୍ଧୁ
ସଭିଙ୍କ ସାଥିରେ ଆସ ।
ସଭିଙ୍କ ଲେଖନୀ ଶବ୍ଦ ମାଧୁରୀରେ
ପୁରୁ ଉତ୍କଳ ହୃଦୟ,
ଓଡ଼ିଶା ମାଟିରେ ଓଡ଼ିଆ ଭାଷାର
ପୁନଃ କର ନବୋଦୟ ।
ବ୍ୟାସେ ଲେଖିବେ ଉତ୍କଳ କାହାଣୀ
ଗଙ୍ଗାଙ୍କ ଅମୃତମୟ,
ମଧୁଙ୍କ ସ୍ୱତନ୍ତ୍ର ଉତ୍କଳ ଡାକରେ
ସ୍ୱ ସ୍ୱାର୍ଥ ହେବ ବିଲୟ ।
ସତ୍ୟବାଦୀଙ୍କର ଜାତୀୟ ଚେତନା
ସବୁଜଙ୍କ ବିଶ୍ୱ ପ୍ରେମ,
'ବନ୍ଦେ-ଉତ୍କଳ-ଜନନୀ' ରେ କାନ୍ତ
ବୁଝାନ୍ତି ଉତ୍କଳ ମର୍ମ ।
ଜନ୍ମ ନିଅ ଜନ୍ମ ନିଅ ଯୁଗଜନ୍ମା
ପୁଣିଥରେ ଜନ୍ମ ହୁଅ,
ଜରାଜୀର୍ଣ୍ଣ ଏହି ଓଡ଼ିଆ ଭାଷାକୁ
ନୂଆ କରି ରୂପ ଦିଅ ।
ଜନ୍ମ ନିଅ ଜନ୍ମ ନିଅ ରାୟ ତୁମେ
କର ତୁ ସମାଲୋଚ଼ନା,
ଆଉ ଥରେ ଏକ ଦରବାର ଲେଖି
ସ୍ୱାର୍ଥୀଙ୍କୁ କର ଭର୍ତ୍ସନା ।
ମାତୃଭାଷା ମାତୃଭୂମିର ମହତ୍ତ୍ୱ
ବୁଝାଅ ଏହି ଜାତିକୁ,
ଉଜ୍ଜିବିତ କର ସାହିତ୍ୟ ପୃଷ୍ଠାରେ
ନିଜର ମାତୃଭାଷାକୁ ।

*ଜୋତୁମ୍ଭ, ବଡ଼ମ୍ବା, କଟକ*
*ମୋ -୭୩୭୦୭୩୭୬୭୨୬*

## ରାତି ଅଳପକୁ ସପନ ବେଶି

*ଭାସ୍କର ରାଉତ*



ଚବିଶି ବରଷ ହୋଇଗଲା ଶେଷ
ରହିଗଲା ଅବଶୋଷ
ସରି ଆସେ ରାତି ମନେ ଜାଗେ ଭୀତି
ସପନ ନହେଲା ଶେଷ।
ବଡ଼ ବିଷମ ମୁହୂର୍ତ୍ତ,
ନିର୍ବାଚ଼ନ ବେଳ ସାଜିଲା ସେ କାଳ
ସରିଯିବ ମୋ ମହତ।
ଭାଙ୍ଗିଦେଲା ନିଦ ଘଟିବ ପ୍ରମାଦ
ବୁଦ୍ଧି ବାଟ ଦିଶୁନାହିଁ
ନୂଆ ଓ ସପନ ଦେଖୁଥିଲି ଜାଣ
ସାଜୁଛି ବଇରି ସେହି।
ତହାର ତୋଷଣ ପାଇଁ,
ମତ ଜିଣିବାକୁ ସେ ଛାତ୍ର ବୃତ୍ତିକୁ
ଦେବାକୁ କହିଛି ମୁହିଁ।
ଗ୍ରାମେ ଗ୍ରାମେ ଲକ୍ଷ୍ମୀ ବୁଲେ ଝୁମି ଝୁମି
ଭଣ୍ଡାରେ କଉଡ଼ି ନାହିଁ
ପଡ଼ି ଦାତ୍ରୀ ବୋଲି ତାକୁ ସୁମରିଲି
କାଳେ ସାହା ହେବ ସେହି।
ହତଲକ୍ଷ୍ମୀର ରୂପରେ,
ରଚୁଅଛି ମାୟା ବିସ୍ତାରି ତା କାୟା
ଦେଖି ଛାତି ଏବେ ଥରେ।
ଜନ ସାଧାରଣ ମୋ ଚ଼ତୁରପଣ
ସମସ୍ତେ ବୁଝି ଗଲେଣି
କି ଉପାୟ କରି ହୋଇଯିବି ପାରି
ବାଟ ତ କାହିଁ ଦିଶୁନି।
ପାହିଯିବ ଏବେ ରାତି,
କଷାୟ ବସନ ଅଙ୍ଗରେ ନାଇଣ
ଆସିଲାଣି ଉଷା ସତୀ।

*ଶେରଗଡ଼,ଗଞ୍ଜାମ*
*ମୋ : ୯୭୭୬୪୮୬୬୨୮*

# ମୋ ଓଡ଼ିଶା

## ସନ୍ଥକବି ଭୀମଭୋଇ



ଏକ ସମୟରେ ମହିମା ବା ଅଲେଖ ଧର୍ମ ଓଡ଼ିଆ ସାହିତ୍ୟ ଓ ଧାର୍ମିକ ସାମାଜିକ ଜୀବନକୁ ଗଭୀର ଭାବେ ପ୍ରଭାବିତ କରିଥିଲା। ସମାଜରେ ପ୍ରଚଳିତ ଜାତିଭେଦ, ପ୍ରତିମା ପୂଜା, ତେତିଶ କୋଟି ଦେବାଦେବୀଙ୍କ କଳ୍ପନା ଆରାଧନା ଓ ବାହ୍ୟ ଆଡ଼ମ୍ବରକୁ ଏହା ପ୍ରତ୍ୟାଖ୍ୟାନ କରିଥିଲା। ଏହି ଧର୍ମର ଅନ୍ୟତମ ମୁଖ୍ୟ ପୁରୋଧା ଥିଲେ ଗୃହୀ ଶିଷ୍ୟ ଭୀମ ଭୋଇ। ତାଙ୍କ ଅନୁଗାମୀମାନେ, ତାଙ୍କୁ ଅଯୋନିସଂଭୂତ ଭାବେ ଗ୍ରହଣ କରିଛନ୍ତି। ସେମାନଙ୍କ ଦୃଷ୍ଟିରେ ସେ ଭଗବାନଙ୍କ ଅବତାର ଏବଂ ଅଲେଖ ପୁତ୍ର। ସ୍ୱରଚିତ ସ୍ତୁତି ଚିନ୍ତାମଣିରେ ମଧ୍ୟ ସେ ଏହାର ସୂଚନା ଦେଇଛନ୍ତି ପିତା ଅଟନ୍ତି ମୋ ଅନାଦି ଠାକୁର, ମାତା ଆଦିଶକ୍ତି ନାରୀ, ଦୂତୀ ଯୁଗଳରୁ ଜନମ ଲଭିଛି, କବିକୃତ କଳା ଧରି। ପଞ୍ଚସଖା ଯୁଗର ପରମ ସାଧକ ଅଚ୍ୟୁତାନନ୍ଦ ଦାସ, ତାଙ୍କର ସଂହିତାମାନଙ୍କରେ ଲେଖିଛନ୍ତି, ରାଧା ମାନବ ରୂପ ଧାରଣ କରି କନ୍ଧ ଗୃହରେ ଜନ୍ମ ହେବେ। ଭୀମ ଭୋଇ ନିଜ ଇଚ୍ଛା ଅନୁସାରେ ନାରୀ ରୂପ ଧାରଣ କରିପାରୁଥିଲେ। ଏହା ଅଧ୍ୟାପକ ଶତ୍ରୁଘ୍ନ ନାଥଙ୍କ ସନ୍ଥକବି ଭୀମ ଭୋଇ ପୁସ୍ତକରେ ଉଲ୍ଲେଖିତ। ଥରେ ବାବା ଗଙ୍ଗାଧର ଦାସଙ୍କୁ ଜଙ୍ଗଲରେ ସେ ନାରୀ ରୂପ ଦେଖାଇଥିଲେ। ଅନାଦି ସଂହିତାରେ ଅଚ୍ୟୁତାନନ୍ଦ ଲେଖିଛନ୍ତି 'ଶୁଣଗୋ ସିଦ୍ଧଙ୍କ ବନିତା, ସେ ଭୀମସେନର କଥା। ପୂର୍ବେ ସେ ମହାଶୂନ୍ୟବାସୀ, ରାଧାଙ୍କ ଯେ ଅରୂପ ଅଂଶୀ'। ତାଙ୍କୁ ଏଭଳି ଚିତ୍ରଣ କରାଯାଇଥିବା ବେଳେ ସେ ଥିଲେ ଶ୍ରୀଜଗନ୍ନାଥ ଆରାଧନାର ତୀବ୍ର ବିରୋଧୀ। ପୁରୀରେ ଶ୍ରୀଜଗନ୍ନାଥ ପୂଜା ବନ୍ଦ କରିବା ପାଇଁ ଉଦ୍ୟମ କରିଥିଲେ। ମହିମା ଧର୍ମର ପ୍ରଚାର ପ୍ରସାରରେ ତାଙ୍କର ଭୂମିକା ଉଲ୍ଲେଖନୀୟ ଓ ପ୍ରାତଃ ସ୍ମରଣୀୟ। ତାଙ୍କ ଲେଖନୀ ମୁନରେ ସେ ଏହି ଧର୍ମ ବିଷୟରେ ଅନେକ କାଳଜୟୀ ରଚନା ସୃଷ୍ଟି କରିଛନ୍ତି। ଜୀବନର ଶେଷ ନିଃଶ୍ୱାସ ପର୍ଯ୍ୟନ୍ତ ସେ କାହା ଠାରୁ ବିନ୍ଦୁର ସାହାଯ୍ୟ ବି ଚାହିଁ ନାହାଁନ୍ତି। ସରଳ, ନିଃସ୍ୱାର୍ଥପର ଓ ସମାଜ ସେବା ପାଇଁ ତାଙ୍କ ତମାମ ଜୀବନ ସମର୍ପିତ ଥିଲା। ଆଜିର ସମୟରେ ଭୀମଭୋଇଙ୍କ ପରି ସ୍ରଷ୍ଟା ଓ ଆଧ୍ୟାତ୍ମିକ ସାଧକ ଅତ୍ୟନ୍ତ ବିରଳ। ପ୍ରତିଟି ଶ୍ୱାସପ୍ରଶ୍ୱାସରେ ହିଁ ତାଙ୍କର ମହିମା ଚେତନାର ବାର୍ତ୍ତା ଓ ଭାବନା ରହିଥିଲା। ସେ ସମୟରେ ସେ ନିଜେ ଜଣେ ଗରିବ ହୋଇ ମଧ୍ୟ ଅନେକ ଅସହାୟ ଗରିବ ପରିବାର ପାଇଁ ସାହାଯ୍ୟର ହାତ ବଢ଼ାଇଥିଲେ। ତିଥି ଅନୁସାରେ ଭୀମ ଭୋଇ ବୈଶାଖ ପୂର୍ଣ୍ଣମୀରେ ତାରିଖ ଅନୁସାରେ (ମଇ ୧୦) ରେଢ଼ାଖୋଲର କଟାସିଙ୍ଗାରେ ଜନ୍ମ ହୋଇଥିବା ବିଶ୍ୱାସ କରାଯାଏ।

## ଆହ୍ୱାନ ପକ୍ଷରୁ ବିଶ୍ୱ ମାତୃଦିବସ ପାଳନ

ଯାଜପୁର (ପିଏନ୍): ଯାଜପୁରର ଅଗ୍ରଣୀ ସାମାଜିକ ଓ ସାଂସ୍କୃତିକ ଅନୁଷ୍ଠାନ 'ଆହ୍ୱାନ' ପକ୍ଷରୁ ଉପ-ସଭାପତି ପାଣ୍ଡବ ଚରଣ ସାହୁଙ୍କ ଅଧ୍ୟକ୍ଷତାରେ ସନ୍ଧ୍ୟା ୬ ଘଟିକା ସମୟରେ ବିଶ୍ୱା ମାତୃଦିବସ ପାଳନ କରାଯାଇଥିଲା। ମା' ବିରଜା ଓ ଶ୍ରୀଜଗନ୍ନାଥଙ୍କ ଫଟୋ ଚିତ୍ରରେ ମୁଖ୍ୟ ଅତିଥି ପଣ୍ଡିତ ଭୂପତିଭୂଷଣ ମିଶ୍ର ମାଲ୍ୟାର୍ପଣ କରିବା ସହ ପ୍ରଦୀପ ପ୍ରଜ୍ୱଳନ କରିଥିଲେ। ମାତୃ ଜାତି ଚିର ବନ୍ଦନୀୟା ଓ ମା' ମାନଙ୍କର ଋଣ କେହି କେବେ ସୁଝି ପାରିବେ ନାହିଁ ବୋଲି ଦୃଢ଼ତାର ସହ ପଣ୍ଡିତ ଶ୍ରୀ ମିଶ୍ର ମତବ୍ୟକ୍ତ କରିଥିଲେ। ମୁଖ୍ୟବକ୍ତାଭାବେ ଅଧିକାରୀ ନବକିଶୋର ଦାସ ଯୋଗଦେଇ ସତ୍ୟ, ଦ୍ୱାପର, ତ୍ରେତୟା ଏବଂ କଳିଯୁଗରେ ବିଶ୍ୱବିଦିତ ମହିୟସୀ ନାରୀ ମାନଙ୍କର ଉପାଖ୍ୟାନ ବର୍ଣ୍ଣନା କରିଥିଲେ। ମୁଖ୍ୟ ଉପଦେଷ୍ଟା ହୃଷୀକେଶ ପତି ଏବଂ ଉପଦେଷ୍ଟା ତପନ କୁମାର ମହାରଣ୍ୟ ଶର୍ମା ଓ ମନୋଜା ରାୟ, ସମ୍ମାନିତ ଅତିଥି ଭାବେ ଯୋଗଦେଇ ମାତୃଦିବସ ତାତ୍ପର୍ଯ୍ୟ ସଂପର୍କରେ ଆଲୋଚନା କରିଥିଲେ। ଏହି ଅବସରରେ ଦମୟନ୍ତୀ ସାହୁ, ସରସ୍ୱତୀ ପୃଷ୍ଟି ଏବଂ ଶାନ୍ତିଲତା ସାହୁ ପ୍ରମୁଖ ପୂଜା କରାଯିବା ସହ ସେମାନଙ୍କୁ ଉତ୍ତରୀୟ ଓ ପୁଷ୍ପଗୁଚ୍ଛ ପ୍ରଦାନ କରାଯାଇ ସଂବର୍ଦ୍ଧିତ କରାଯାଇଥିଲା। ସଂପାଦକ ବିଶ୍ୱଜିତ ସାହୁ ସଂପାଦକୀୟ ବିବରଣୀ ଅତିଥି ପରିଚୟ ଏବଂ ସଂଗୀତ ଗାନ କରିଥିଲେ। ଏହି ଉତ୍ସବରେ ରଶ୍ମିକାନ୍ତ ପରିଡ଼ା ଓ ରଂଜିତା ପରିଡ଼ା ନୂତନ ଭାବେ ଆହ୍ୱାନରେ ଯୋଗଦେଇ ଶୁଭକାମନା କରିଥିଲେ। ଏହି କାର୍ଯ୍ୟକ୍ରମରେ ରଞ୍ଜୁଶହା, ସୌମ୍ୟଜିତ ସାହୁ, ଜୟଦେବ ରାଉତ, ବୈଜୟନ୍ତୀ ବେହେର, ମହେଶ ମହାନ୍ତି, ସସ୍ମିତା ସାହୁ, ଶୁଭ୍ରଜିତ ସାହୁ, ରାଜେନ୍ଦ୍ର ସାହୁ ଓ ସାଇ ଓମ୍ ପ୍ରକାଶ ବେହେରା ପ୍ରମୁଖ ଯୋଗ ଦେଇଥିଲେ। ଶେଷରେ ସହ ସଂପାଦକ ଅକ୍ଷୟ ପୃଷ୍ଟି ଧନ୍ୟବାଦ ଦେଇଥିଲେ।

## ଜୀ ସାର୍ଥକର ନୂଆ ସିନେମା ଡ଼ିଟେକ୍ଟିଭ୍ କରନ୍-ଅର୍ଜୁନର ଅଡ଼ିଓ ରିଲିଜ

ଖୋର୍ଦ୍ଧା (ପିଏନ୍)-ଜୀ ସାର୍ଥକର ନୂଆ ସିନେମା ଡ଼ିଟେକ୍ଟିଭ୍ କରନ୍-ଅର୍ଜୁନର ଅଡ଼ିଓ ରିଲିଜ ହୋଇଯାଇଛି। ଫିଲିମରେ ତିନୋଟି ଗୀତ ରହିଥିବା ବେଳେ ଏଥିରେ ଡ଼କ୍ଟର ନିର୍ମଳ ନାୟକ ଓ ଅଭିଜିତ୍ ମଜୁମଦାରଙ୍କ ଜୋଡ଼ି ପୁଣି ଥରେ ଦେଖିବାକୁ ମିଳିବ। ଯେଉଁଥିରେ ଭାଉଜ ଓ ଭାଉଜ ଗୀତଟି ମାର୍କେଟରେ ଚହଳ ସୃଷ୍ଟି କରିବ ବୋଲି ଜୀ ସାର୍ଥକ ଆଶା ପ୍ରକଟ କରିଛି। ଏହି ଗୀତକୁ ନିଜେ ପପୁ ପମ୍‌ପମ୍ ଗାଇଥିବା ବେଳେ ତାଙ୍କ ସହ ଗାଇଛନ୍ତି ସ୍ମୃତି ସେହିପରି ଏକ ଦୋ ତିନି ଚାର, ଚାରିଆଡ଼େ ଦିଶୁଛି ମୋ ପ୍ୟାର। ଗୀତକୁ ଗାଇଛନ୍ତି ଅଭିଜିଦ ମଜୁମଦାର ଓ ସଂଜୁ। ଛାଡ଼ରେ ସାଙ୍ଗ ଗନ୍ଧିଆ କଥା ଗୀତକୁ ଈଶ୍ୱରୀ ଗାଇଛନ୍ତି। ସମସ୍ତ ଗୀତକୁ ଡ଼କ୍ଟର ନିର୍ମଳ ନାୟକ ଲେଖିଥିବା ବେଳେ ସଂଗୀତରେ ସଜାଇଛନ୍ତି ଅଭିଜିତ୍ ମଜୁମଦାର ସବୁତକ ଗୀତ ଦର୍ଶକଙ୍କ ମନକୁ ଛୁଇଁବ ବୋଲି ପୁରାଟିମ୍ ଆଶାବାଦୀ। ଆସନ୍ତା ୧୫ ତାରିଖ ସନ୍ଧ୍ୟା ୬ଟା ୩୦ମି.ରେ ଏହି ମୁଭିଟି ଜୀସାର୍ଥକରେ ରିଲିଜ ହେବ। କିନ୍ତୁ ତା ପୂର୍ବରୁ ଅଡ଼ିଓ ରିଲିଜ୍ କରିବାର ପରମ୍ପରା ଆରମ୍ଭ କରିଛି ଜୀ ସାର୍ଥକ। ଓଲିଉଡ଼ରେ ନୂଆ ମାଇଲ ଷ୍ଟୋନ ତିଆରି କରିପାରିଛି। ଜୀ ସାର୍ଥକ ଫିଲିମ୍ ଓ ଲିପ୍ସା ପ୍ରଡ଼କ୍ସନ ବ୍ୟାନରରେ ନିର୍ମାଣ ହେଉଛି ନୂଆ ସିନେମା ଡ଼ିଟେକ୍ଟିଭ୍ କରନ ଅର୍ଜୁନ ଏହି ଚଳଚିତ୍ରରେ ନୂଆ ଅବତାରରେ କମେଡ଼ି କିଂ ପପୁ ପମ୍‌ପମ୍‌କୁ ଦେଖିବାକୁ ମିଳିବ। ତାଙ୍କ ସହ ପ୍ରଜ୍ଞା ଖଟୁଆଙ୍କ ଦମ୍‌ଦାର ଅଭିନୟର ମଜା ପାଇବେ ଦର୍ଶକ। ଉଭୟ ପପୁ ଓ ପ୍ରଜ୍ଞା କରନ ଅର୍ଜୁନ ଭୂମିକାରେ ଅଭିନୟ କରୁଛନ୍ତି। ସେହିପରି ନାୟିକା ସାଜିଛନ୍ତି ଅଭିନେତ୍ରୀ ପ୍ରୀୟଙ୍କା ମହାନ୍ତି, ପ୍ରିୟଙ୍କା ମହାପାତ୍ର ଓ ଲିପସା ମିଶ୍ର ଅନ୍ୟମାନଙ୍କ ମଧ୍ୟରେ ଟୁକୁନା, ପ୍ରଜ୍ଞା ମହାନ୍ତି, ଜୀବନ ପଣ୍ଡା, କୁନା ତ୍ରୀପାଠୀ, ହାଡ୍ଡୁ, ଅରବିନ୍ଦ ଷଡଙ୍ଗୀ, ରାଜିବ, କାଳୀ, ମନୋଜ, ସୁଶା, ଦିଗ୍‌ବିଜୟ, ସୁମିତ ଓ ସଂଗ୍ରାମ ପ୍ରମୁଖ ଅଭିନୟ କରିଛନ୍ତି। ପପୁ ପମ୍‌ପମ୍ ନିଜେ ସିନେମାର କାହାଣୀ ଲେଖିଥିବା ବେଳେ ଅଶ୍ୱିନି ଗଡ଼ନାୟକ ନିର୍ଦ୍ଦେଶନା ଦେଇଛନ୍ତି। ଏହାର ସଂଳାପ ଲେଖିଛନ୍ତି ଟୁକୁନା। ଚଳଚିତ୍ରର କାହାଣୀ ସହ ସଂଗୀତ ମଧ୍ୟ ଲୋକାଦୃତ ହୋଇପାରିବ ବୋଲି ଜୀ ସାର୍ଥକ ପକ୍ଷରୁ ଆଶା ପ୍ରକଟ କରାଯାଇଛି।

## ମା' ରାମଚଣ୍ଡୀଙ୍କ ପୀଠରେ ହାଣ୍ଡିଭଙ୍ଗା ଯାତ

ପ୍ରାଚୀନ ଅର୍କକ୍ଷେତ୍ରର ରକ୍ଷାକର୍ତ୍ତ୍ରୀ ଅଷ୍ଟଚଣ୍ଡୀଙ୍କ ମଧ୍ୟରେ ମା' ରାମଚଣ୍ଡୀ ହେଉଛନ୍ତି ଶ୍ରେଷ୍ଠ ତଥା ଅଧିଷ୍ଠାତ୍ରୀ ଦେବୀ। ମା' ରାମଚଣ୍ଡୀଙ୍କ ଅବସ୍ଥିତି ଓ ମାହାତ୍ମ୍ୟ ସଂପର୍କରେ ମାଦଳା ପାଞ୍ଜି, ସାରଳା ମହାଭାରତ, ପ୍ରାଚୀ ମାହାତ୍ମ୍ୟ, ପୁରୁଷୋତ୍ତମ ମାହାତ୍ମ୍ୟ, ତଥା ବିଭିନ୍ନ ଐତିହାସିକ ବିବରଣୀରୁ ସୂଚନା ମିଳେ। ଏତଦ୍‌ବ୍ୟତିତ ଲୋକମୁଖରେ ମା'ଙ୍କ ସଂପର୍କରେ ଅନେକ କିମ୍ବଦନ୍ତୀ ମଧ୍ୟ ଶୁଣିବାକୁ ମିଳେ। ମା'ଙ୍କ ପୀଠରେ ବର୍ଷତମାମ ପାଳନ କରାଯାଉଥିବା ବିଭିନ୍ନ ପର୍ବପର୍ବାଣୀଗୁଡ଼ିକ ମଧ୍ୟରେ ଶ୍ରେଷ୍ଠ ଓ ନିଆରା ପର୍ବ ହେଉଛି ହାଣ୍ଡିଭଙ୍ଗା ଯାତ। ବୈଶାଖ ମାସ ଶୁକ୍ଳ ପକ୍ଷ ଶେଷ ଗୁରୁବାର ଦିନ ଏହି ପର୍ବ ପାଳନ କରାଯାଇଥାଏ। ଏହା ଓଡ଼ିଆଣୀ କୁଳବଧୂମାନଙ୍କର ଏକ ନିଆରା ପର୍ବ। କାହିଁ କେଉଁ କାଳରୁ ପୁରୁଷାନୁକ୍ରମେ ଖାଲକଟାପାଟଣା ଓ ଟିକନା ଗ୍ରାମର କୁଳବଧୂମାନେ ନିଜ ପରିବାରର ଶୁଭ ମନାସି ମା' ରାମଚଣ୍ଡୀଙ୍କ ନିକଟରେ ହାଣ୍ଡିଭଙ୍ଗା ଯାତକୁ ମହାଆଡ଼ମ୍ବରରେ ପାଳନ କରିଥାନ୍ତି। ଘଞ୍ଚ ଜଙ୍ଗଲ ଓ ସମୁଦ୍ରକୂଳରେ ଏହି ଦୁଇଟି ଗ୍ରାମର ଅବସ୍ଥିତି ଥିବାରୁ ଜଙ୍ଗଲି ଜୀବଜନ୍ତୁଙ୍କ ଆକ୍ରମଣ ଓ ସମୁଦ୍ର ମାଡ଼ି ନ ଆସିବା ପାଇଁ ଗ୍ରାମର କୂଳବଧୂମାନେ ମା' ରାମଚଣ୍ଡୀଙ୍କ ନିକଟରେ ହାଣ୍ଡିଭଙ୍ଗାଯାତକୁ





ପୁରୁଷାନୁକ୍ରମେ ପାଳନ କରି ଆଶୁଛନ୍ତି।

ବୈଶାଖ ମାସ ଶୁକ୍ଳ ପକ୍ଷ ଶେଷ ଗୁରୁବାର ଦିନ ମା'ଙ୍କ ପୀଠରେ ଏହି ନିଆରା ପର୍ବ ହାଣ୍ଡିଭଙ୍ଗା ଯାତ ଧୁମଧାମରେ ପାଳିତ ହୋଇଥାଏ। ମା'ଙ୍କ ପୀଠ ସଂଲଗ୍ନ ଟିକନା ଓ ଖାଲକଟାପାଟଣା ଗ୍ରାମର କୁଳବଧୂମାନେ ଏହି ପବିତ୍ର ଦିନରେ ଉପବାସ ବ୍ରତ ପାଳନ କରି ଏକତ୍ର ହୁଳହୁଳି ପକାଇ ଗ୍ରାମରୁ ବାହାରିଥାନ୍ତି। ମା' ରାମଚଣ୍ଡୀଙ୍କ ନିମନ୍ତେ କୁଳବଧୂମାନେ ଗାଧୁଆ ସଜ ଧରି ପବିତ୍ର ପୀଠରେ ପହଞ୍ଚିବା ପରେ ମା'ଙ୍କ ପୂଜକ ଗାଧୁଆ ନୀତି



ସମ୍ପନ୍ନ କରିଥାନ୍ତି। ପ୍ରତ୍ୟେକ ମହିଳା ପରିଧାନ କରିଥିବା ନୂଆ ଲୁଗା କାନିରେ ବାନ୍ଧି ଆଣିଥାନ୍ତି ହାଣ୍ଡିରନ୍ଧା ସାମଗ୍ରୀ। ମା'ଙ୍କ ମନ୍ଦିର ବେଢ଼ାର ପଶ୍ଚିମ ପାର୍ଶ୍ୱରେ ଥିବା ହାଣ୍ଡିରନ୍ଧା ଚୁଲାରେ ସମୂହ ହାଣ୍ଡିରନ୍ଧା କାର୍ଯ୍ୟ ଆରମ୍ଭ ହୋଇଥାଏ। ମନ୍ଦିରର ପୂଜକ ଓ ମାଳି ମା'ଙ୍କ ରୋଷଘର ଚୁଲାରୁ ଅଗ୍ନୀ ଆଣି ପ୍ରତ୍ୟେକ ମହିଳାଙ୍କ ଚୁଲିରେ ଅଗ୍ନୀ ସଂଯୋଗ କରିବା ସହିତ ଖୀରିକୋଳି ଡାଙ୍ଗରେ ପ୍ରସ୍ତୁତ ଚଟୁ ଯୋଗାଇ ଦେବାପରେ ମହିଳାମାନେ ହାଣ୍ଡିରନ୍ଧା କାର୍ଯ୍ୟ ଆରମ୍ଭ କରିଥାନ୍ତି। ମହିଳାମାନେ ଘରୁ ଆଣିଥିବା ଅରୁଆଚାଉଳ, ମୁଗ, ଚିନି, ଘିଅ ଓ ପରିବାକୁ ମିଶାଇ ନୂଆ ମାଟିହାଣ୍ଡିରେ ଖେଚୁଡ଼ି ପ୍ରସ୍ତୁତ କରିଥାନ୍ତି। ଏହି ସମୟରେ ମା'ଙ୍କ ରୋଷେଇଘରେ ପୂଜକ ମଧ୍ୟ ନୂଆ ମାଟିହାଣ୍ଡିରେ ଅନୁରୂପଭାବେ ଖେଚୁଡ଼ି ପ୍ରସ୍ତୁତ କରିବାପରେ ମା'ଙ୍କ ନିକଟରେ ଭୋଗ ଲଗାଇଥାନ୍ତି। ଏହାପରେ ହାଣ୍ଡିରନ୍ଧା ଖେଚୁଡ଼ିକୁ ପୂଜକ ଓ ମହିଳାମାନେ କଦଳୀ ପତ୍ରରେ ବାଢିଥାନ୍ତି। ଖେଚୁଡ଼ିର ସିଂହଭାଗ ଅଂଶକୁ ଦୁଇଟି ବାଟୁଳା କରି ବାଘ ଓ ବାଘୁଣୀଙ୍କ ନିମନ୍ତେ ହାଣ୍ଡିରେ ରଖିବା ପରେ ଅବଶିଷ୍ଟ ଖେଚୁଡ଼ିକୁ ସେବନ କରି ବଳକା ଖେଚୁଡ଼ି ହାଣ୍ଡିକୁ ଧରି ପୂଜକ ହାଣ୍ଡିଭଙ୍ଗା ବନ୍ତ ଅଭିମୁଖେ ଆଗେ ଆଗେ ଯିବା ବେଳେ ମହିଳାମାନେ ନିଜ ନିଜ ହାଣ୍ଡିକୁ ଧରି ନୀରବତା ଅବଲମ୍ବନ କରି ତାଙ୍କୁ ଅନୁସରଣ କରିଥାନ୍ତି। ମା'ଙ୍କ ମନ୍ଦିରର ପଶ୍ଚିମ-ଉତ୍ତର କୋଣର ୨୦୦ମିଟର ଦୂରରେ ଥିବା ହାଣ୍ଡିଭଙ୍ଗା ବନ୍ତରେ ପହଞ୍ଚି



ଏହି ବନ୍ତକୁ ସାତଥର ପ୍ରଦିକ୍ଷଣ କରିବା ପରେ ବନ୍ତ ଚୂଡ଼ାରେ ଥିବା ଶିଳା ଉପରେ ହାଣ୍ଡିକୁ କଚାଡ଼ି ଭାଙ୍ଗିଥାନ୍ତି। ଏହାପରେ ମହିଳାମାନେ ଏକମୁହାଁ ହୋଇ ୩୦୦ ମିଟର ଦୂରରେ ଥିବା ହାତଧୁଆ ଝରଣାରେ ହାତ ଧୋଇ



ଗ୍ରାମଦେବତୀ ଖାଲକୋଠୀଙ୍କୁ ମୁଣ୍ଡିଆମାରୀ ଘରକୁ ଫେରିଥାନ୍ତି। ଯେଉଁ ମହିଳାଙ୍କ ହାଣ୍ଡିର ମୁଣ୍ଡୁଳି ଭାଙ୍ଗିନଥାଏ ସଂପୃକ୍ତ ମହିଳା ନିଜ ପରିବାରରେ କୌଣସି ଅମଙ୍ଗଳ ନ ହେବା ପାଇଁ ରିଷ୍ଟ ଖଣ୍ଡନ ଉଦ୍ଦେଶ୍ୟରେ ଶୁକ୍ରବାର ପ୍ରତ୍ୟୁଷରେ ମା'ଙ୍କ ପାଖରେ ଗୁହାରିଆ ପର୍ଦ୍ଦବାର ବିଧି ରହିଛି।

ଏହି ଅବସରରେ ବିଶ୍ୱ ଶାନ୍ତି ନିମନ୍ତେ ମା'ଙ୍କ ନିକଟରେ ହାଣ୍ଡିଭଙ୍ଗା ଯାତର ଦୁଇଦିନ ପୂର୍ବରୁ ତ୍ରିଦିବସୀୟ ଚଣ୍ଡୀମହାଯଜ୍ଞ ଆୟୋଜିତ ହୋଇଥାଏ। ହାଣ୍ଡିଭଙ୍ଗା ଯାତ ଦିନ ପ୍ରତ୍ୟୁଷରେ ମା' ରାମଚଣ୍ଡୀଙ୍କୁ ମହାଲକ୍ଷ୍ମୀ ବେଶରେ ସଜାଯାଇ ପୂଜାର୍ଚ୍ଚନା କରାଯାଇଥାଏ। ସକାଳ ମଙ୍ଗଳ ଆଳତି ଓ ରାତିରେ ବଡ଼ସିଂହାର ଧୂପ ଆଳତିକୁ ମିଶାଇ ମାଆଙ୍କ ନିକଟରେ ମୋଟ ୫ ଥର ଆଳତି କରାଯାଇଥାଏ। ମା'ରାମଚଣ୍ଡୀଙ୍କର ମହାଲକ୍ଷ୍ମୀ ବେଶ ଓ ହାଣ୍ଡିଭଙ୍ଗା ଯାତକୁ ଦେଖିବା ପାଇଁ ଶ୍ରଦ୍ଧାଳୁଙ୍କ ଭିଡ ଦିନତମାମ ଲାଗିରହିଥାଏ। ଏହି ଅବସରରେ ଆୟୋଜକଙ୍କ ପକ୍ଷରୁ ସାଂସ୍କୃତିକ କାର୍ଯ୍ୟକ୍ରମ ଓ ସଭା ଅନୁଷ୍ଠିତ ହୋଇଥାଏ। ଏହି ସାଂସ୍କୃତିକ କାର୍ଯ୍ୟକ୍ରମକୁ ପର୍ଯ୍ୟଟନ ବିଭାଗ ସହାୟତାରେ ମା' ରାମଚଣ୍ଡୀ ଉନ୍ନୟନ କମିଟି, ମା' ରାମଚଣ୍ଡୀ ବଜାର କମିଟିର ସମସ୍ତ ସଦସ୍ୟ ପରିଚାଳନା କରିଥାନ୍ତି।

ଏଠାରେ ସୂଚନା ଥାଉକି ୨୦୧୯ ମସିହାରେ ସାମଦ୍ରିକ ଝଡ ଫନି ଓ ୨୦୨୦ ଏବଂ ୨୦୨୧ ମସିହାରେ ମହାମାରୀ କରୋନା ପାଇଁ ମା'ଙ୍କ ପୀଠରେ ଜାକଜମକରେ ପାଳନ ହୋଇପାରି ନଥିଲା ହଣ୍ଡିଭଙ୍ଗା ଯାତ। କେବଳ ପରମ୍ପରା ରକ୍ଷା କରାଯାଇଥିଲା। ଚଳିତ



ବର୍ଷ ୧୦ତାରିଖରୁ ଆରମ୍ଭ ହୋଇଥିବା ତ୍ରିଦିବସୀୟ ବିଶ୍ୱ ଶାନ୍ତି ମହାଯଜ୍ଞ ବୈଶାଖ ମାସ ଶେଷ ଗୁରୁବାର ୧୨ତାରିଖରେ ଉଦଯାପିତ ହେବ। ଏହି ଅବସରରେ ୧୦ତାରିଖରୁ ୧୨ତାରିଖ ପର୍ଯ୍ୟନ୍ତ ପ୍ରତ୍ୟେହ ସନ୍ଧ୍ୟା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯିବ। ୧୦ ତାରିଖ ଚଣ୍ଡୀ ମହାଯଜ୍ଞ ଓ ସନ୍ଧ୍ୟା ୬ଟାରେ ଖାଲକଟାପାଟଣା ଗ୍ରାମର ମା' ଜାଗେଶ୍ୱରୀ ମହିଳା ସଂକୀର୍ତ୍ତନ ମଣ୍ଡଳି ପକ୍ଷରୁ ସଂକୀର୍ତ୍ତନ ପରିବେଷଣ କରାଯିବ। ୧୧ ତାରିଖ ସନ୍ଧ୍ୟା ୬ଟାରେ କଟକ ବାଦାମବାଡିର ମା' ସାରଳା ଭଜନ ସନ୍ଧ୍ୟା ପକ୍ଷରୁ ଭଜନ ପରିବେଷଣ ଏବଂ ରାତ୍ର ୧୦ଟାରେ ନୟାଗଡ ବୁଢ଼ିଆଳିର ରଘୁନାଥ ଜିୟୁ ରାମନାଚ ସଂସଦ ପକ୍ଷରୁ ଲବକୁଶ ଜନ୍ମ



ପରିବେଷଣ କରାଯିବ। ୧୨ ତାରିଖ ଗୁରୁବାର ମା' ରାମଚଣ୍ଡୀଙ୍କ ମହାଲକ୍ଷ୍ମୀ ବେଶ ଓ ହାଣ୍ଡିଭଙ୍ଗା ଯାତ, ଚଣ୍ଡୀ ମହାଯଜ୍ଞର ପୂର୍ଣ୍ଣାହୁତି, ସନ୍ଧ୍ୟା ୬ଘଟିକା ମା' ଖଣ୍ଡୁଆଳି ମହିଳା ସଂକୀର୍ତ୍ତନ ମଣ୍ଡଳି ପକ୍ଷରୁ ସଂକୀର୍ତ୍ତନ ପରିବେଷଣ, ସନ୍ଧ୍ୟା ୭ଟାରେ ଓଡିଶୀ ସଂକୀର୍ତ୍ତନ ପରିବେଷଣ, ରାତ୍ର ୮ଟାରେ ସାଧାରଣ ସଭା ଓ ରାତ୍ର ୯ଟାରେ



ନୟାଗଡ ପୁଆଣିଆର ମା' ବ୍ରହ୍ମଣ ଦେବୀ ରାମନାଚ ସଂସଦ ପକ୍ଷରୁ ଲକ୍ଷ୍ମଣ ଶକ୍ତି ଭେଦ ପରିବେଷଣ କରାଯିବାର କାର୍ଯ୍ୟକ୍ରମ ସ୍ଥିର ହୋଇଛି। ସୁବାସ ପ୍ରଧାନ, କାର୍ତ୍ତିକ ଚନ୍ଦ୍ର ବେହେରା, ଲୋକନାଥ ନାୟକ, ନରେନ୍ଦ୍ର ପରିଡା, ଚନ୍ଦ୍ରନ ବେହେରା, ଅନିଲ ନାୟକ, ସଦାଶିବ



ନାୟକ, ରବିନ୍ଦ୍ର ଦାସ, ସନାତନ ବେହେରା, ପ୍ରକାଶ ବେହେରା, ରାମଚନ୍ଦ୍ର ନାୟକ, ସନାତନ ପ୍ରଧାନ ପ୍ରମୁଖ ଏହି କାର୍ଯ୍ୟକ୍ରମ ପରିଚାଳନା କରୁଛନ୍ତି।


DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Mahaditya Publication

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Pragyan Communication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




## ଭୁବନ ସିଏଚସିରେ ୬୧ ଜଣଙ୍କର ଆଂଟିଜେନ ଟେଷ୍ଟ ହେଲା

ଭୁବନ, (ପିଏନ)- ଭୁବନ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗତ ଅଗଷ୍ଟ ୧୧ ତାରିଖ ମଙ୍ଗଳବାର ଠାରୁ ଆଂଟିଜେନ ଟେଷ୍ଟିଂ ଆରମ୍ଭ ହୋଇଥିବା ବେଳେ ଆଜି ସମୁଦାୟ ୬୧ ଜଣ ବ୍ୟକ୍ତି ଟେଷ୍ଟିଂ କରିଥିଲେ । ତେବେ ଆଜି ସୁଦ୍ଧା ୨୩୬୯ ଜଣ ବ୍ୟକ୍ତି ଆଂଟିଜେନ ଟେଷ୍ଟ କରିଥିବା ଜଣାପଡିଛି । ଭୁବନ ଏନଏସିରେ ଦିନକୁ ଦିନ ଥଣ୍ଡା,କାଶ,ଜ୍ୱର ସହିତ କରୋନା ସଂକ୍ରମିତ (ପଜିଟିଭ) ଙ୍କ ସଂଖ୍ୟା ବୃଦ୍ଧି ପାଇ ପାଖାପାଖି ୫ ଶହରେ ପହଁଚିଥିବାରୁ ଲୋକମାନେ ନିଜର ସୁରକ୍ଷା ଓ ସ୍ୱାସ୍ଥ୍ୟରକ୍ଷା ପାଇଁ ଅଧିକ ରୁ ଅଧିକ ସଂଖ୍ୟାରେ ଆଂଟିଜେନ ଟେଷ୍ଟ କରିବାକୁ ଡାକ୍ତରଖାନାରେ ଗହଳି କରୁଥିବା ଦେଖିବାକୁ ମିଳୁଛି ।

## ଉପଖଣ୍ଡ ଚିକିତ୍ସାଳୟରେ ବ୍ଲଡ ଷ୍ଟୋରେଜ ୟୁନିଟ୍‌କୁ କାର୍ଯ୍ୟକ୍ଷମ ଦାବୀ

ନୂଆପଡା, (ପିଏନ)- ନୂଆପଡା ଜିଲ୍ଲା ଖଡିଆଳ ସ୍ଥିତ ଉପଖଣ୍ଡ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗତ ୩ ବର୍ଷ ତଳେ ବ୍ଲଡ ଷ୍ଟୋରେଜ ୟୁନିଟ ଖୋଲାଯାଇଥିଲା । ହେଲେ ଆବଶ୍ୟକ ରକ୍ତ ସଂଗ୍ରହ ହୋଇ ପାରୁନଥିବା ଯୋଗୁଁ ଏହି ୟୁନିଟ ବନ୍ଦ କରି ଦିଆଯାଇଥିବା ଜଣାପଡିଛି । ଫଳରେ ଏହି ୟୁନିଟକୁ ତୁରନ୍ତ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବୀ ହେଉଛି । ନୂଆପଡା ଜିଲ୍ଲାର ପ୍ରମୁଖ ଏବଂ ମୁଖ୍ୟସ୍ଥଳୀ ଭାବରେ ଖଡିଆଳ ଜଣାଶୁଣା । ଏଠାରେ ରକ୍ତ ଅଭାବରୁ ଅନେକ ରୋଗୀ ଉପଯୁକ୍ତ ଚିକିତ୍ସା ସେବା ପାଇ ପାରୁନଥିବା ବେଳେ ବ୍ଲଡ ଷ୍ଟୋରେଜ ୟୁନିଟର ନିତାନ୍ତ ଆବଶ୍ୟକତା ରହିଛି । ରାଜ୍ୟ ସରକାର ତଥା ଜିଲ୍ଲା ପ୍ରଶାସନ ତରଫରୁ ପ୍ରତିମାସରେ ରକ୍ତଦାନ ଶିବିର ଆୟୋଜନ କରି ଆବଶ୍ୟକ ରକ୍ତ ମହଜୁଦ ରଖିବାକୁ ଇତିପୂର୍ବେ ଖଡିଆଳ ଉପଖଣ୍ଡ ଚିକିତ୍ସାଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ । ତଦନୁରୁପ ଖଡିଆଳ ଉପଖଣ୍ଡ ଚିକିତ୍ସାଧିକାରୀ ରକ୍ତଦାନ ଶିବିର ଆୟୋଜନ ପାଇଁ ବୈଠକ ମଧ୍ୟ କରିଥିଲେ । କିନ୍ତୁ କୌଣସି କାରଣ ନଥାଇ ତାହାକୁ ବିନା କାରଣରେ ବନ୍ଦ କରି ଦିଆଯାଇଛି । ଖଡିଆଳ ସ୍ୱାସ୍ଥ୍ୟ କେନ୍ଦ୍ରକୁ ପ୍ରସୂତୀ ଅସ୍ତ୍ରୋପ୍ରଚାର କେନ୍ଦ୍ର ରୁପେ ଜିଲ୍ଲା ପ୍ରଶାସନ ସ୍ୱୀକୃତି ଦେଇଥିବା ବେଳେ ଆନୁସାଙ୍ଗିକ ବ୍ୟବସ୍ଥା ନହେବା କାରଣରୁ ଅନେକ ଗର୍ଭବତୀ ମହିଳା ମାନେ ସ୍ୱାସ୍ଥ୍ୟକେନ୍ଦ୍ରରେ ପ୍ରସବ କରିବାକୁ ବିଫଳ ହେଉଛନ୍ତି । ଖଡିଆଳ ସ୍ୱାସ୍ଥ୍ୟକେନ୍ଦ୍ରରେ ଦୈନିକ ଦୈନିକ ୧୦ ରୁ ଉର୍ଦ୍ଧ ମାଁ ପ୍ରସବ କରୁଛନ୍ତି । କିନ୍ତୁ ଅନେକ ମାଁଙ୍କୁ ରକ୍ତ ମିଳୁନଥିବା ଯୋଗୁଁ ଶିଶୁ ଜନ୍ମ ଦେଲା ପରେ ମଧ୍ୟ ନୂଆପଡା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପ୍ରସୂତୀଙ୍କୁ ନେବାକୁ ବାଧ୍ୟ ହେଉଛନ୍ତି । ବ୍ଲଡ ଷ୍ଟୋରେଜ ୟୁନିଟ କାର୍ଯ୍ୟକ୍ଷମ ହେଲେ ଅନେକ ପ୍ରସୂତୀ ମାଁ ସମେତ ଅନ୍ୟାନ୍ୟ ରୋଗୀ ମାନେ ଉପକୃତ ହୋଇପାରନ୍ତେ ବୋଲି ଖଡିଆଳ ବୁଦ୍ଧିଜିବୀ ପ୍ରକାଶ କରିଛନ୍ତି । ଜିଲ୍ଲା ପ୍ରଶାସନ ତୁରନ୍ତ ଦୃଷ୍ଟି ଦେଇ ବ୍ଲଡ ଷ୍ଟୋରେଜ ୟୁନିଟକୁ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବୀ ହେଉଛି ।

## ଜାତୀୟ ପ୍ରେସ ଦିବସ ଖପ୍ରାଖୋଲ ପ୍ରେସ କ୍ଲବ ତରଫରୁ ସ୍ଥାନୀୟ ଥାନାରେ ପାଳିତ

ଖପ୍ରାଖୋଲ,(ପିଏନ) :ସ୍ଥାନୀୟ ଥାନାର ଅଭ୍ୟର୍ଥନା କକ୍ଷରେ ଶନିବାର ଖପ୍ରାଖୋଲ ପ୍ରେସ କ୍ଲବ ତରଫରୁ ଜାତୀୟ ପ୍ରେସ ଦିବସ ପାଳନ କରାଯାଇଛି । ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବରେ ଖପ୍ରାଖୋଲ ବିଡିଓ ବିବେକାନନ୍ଦ ଷଡ଼ଙ୍ଗୀ, ମୁଖ୍ୟ ବକ୍ତା ଭାବରେ ତହସିଲଦାର ଆଦିତ୍ୟ ପ୍ରସାଦ ମିଶ୍ର, ସମ୍ମାନିତ ଅତିଥି ଭାବରେ ଥାନା ଅଧିକାରୀ ନରେନ୍ଦ୍ର ଛତର, ରେଞ୍ଜ ଅଫିସର ଅରବିନ୍ଦ ନାୟକ ଓ ସହକାରୀ କୃଷି ଅଧିକାରୀ ସୁମନ୍ତ ଖମାରୀ ଯୋଗଦେଇଥିଲେ । ଏଥିରେ ବକ୍ତାମାନେ ଗଣମାଧ୍ୟମ ଦ୍ୱାରା ସମାଜର ନିମ୍ନ ସ୍ତରର ଲୋକମାନଙ୍କୁ ଅଧିକାର ଦେବା ଆବଶ୍ୟକତା ଉପରେ ଜୋର ଦେଇ ସମାଜର ଜାଗ୍ରତ ପ୍ରହରୀ ଭାବରେ ଚତୁର୍ଥ ସ୍ତମ୍ଭର ଭୂମିକା ନିର୍ବାହ କରିବାର ପ୍ରସଙ୍ଗରେ ଆଲୋଚନା କରିଥିଲେ । ସେମାନେ ଗଣମାଧ୍ୟମର ନୈତିକତା ଏବଂ ନିରପେକ୍ଷତା ରକ୍ଷା କରି ସ୍ୱଚ୍ଛ ଖବର ପ୍ରଦାନ କରିବାର



ଆବଶ୍ୟକତା ଉପରେ ମତ ପ୍ରକାଶ କରିଥିଲେ । ଗଣମାଧ୍ୟମ ପ୍ରତିନିଧିମାନେ ସୋସିଆଲ ମିଡିଆର ପ୍ରଭାବରେ ସାମ୍ବାଦିକତା ବୃତ୍ତିରେ ଘଟୁଥିବା ପରିବର୍ତ୍ତନ ଉପରେ ମନ୍ତବ୍ୟ ରଖିଥିଲେ । ତାଙ୍କର ମତ ଥିଲା ଯେ, ନିରପେକ୍ଷ ଏବଂ ସତ୍ୟ ଭିତ୍ତିକ ସମ୍ବାଦ ଦ୍ୱାରା ଲୋକଙ୍କ ସହ ନିକଟ ସମ୍ପର୍କ ସ୍ଥାପିତ କରିପାରିବା । ଏବର୍ଷ ପ୍ରେସ କାଉନସିଲ ଅଫ ଇଣ୍ଡିଆ ତରଫରୁ ଗଣମାଧ୍ୟମର ପରିବର୍ତ୍ତନ ଶୀଳ ସ୍ୱରୂପ ବିଷୟକୁ ଏହି ଦିବସର ମୁଖ୍ୟ ବିଷୟବସ୍ତୁ ଭାବେ ରଖାଯାଇଛି ବୋଲି ଓଡ଼ିଶା ସାମ୍ବାଦିକ ୟୁନିୟନର ବରିଷ୍ଠ ସାମ୍ବାଦିକ ଓ ଜାତୀୟ ପରିଷଦ ସଦସ୍ୟ ସଦାଶିବ ସରାଫ ସୂଚନା ଦେଇଥିଲେ । ଜିଲ୍ଲା ସାମ୍ବାଦିକ ୟୁନିୟନର ସମ୍ପାଦକ ଅଭୟ ତ୍ରିପାଠୀ ସ୍ୱାଗତ କରିବା ସହ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ । ଏହି ଅବସରରେ ବରିଷ୍ଠ ସାମ୍ବାଦିକ ସଦାଶିବ ସରାଫ ଓ ବଂଶୀଧର ସେଠଙ୍କୁ ସମ୍ମାନ ସ୍ୱରୂପ ଉପଢୌକନ ପ୍ରଦାନ କରାଯାଇଥିଲା । ଅନ୍ୟ ଉପସ୍ଥିତ ବ୍ୟକ୍ତିମାନଙ୍କ ମଧ୍ୟରେ ବନପାଳ ସୁଧୀର ଜେନା, ତାପସ ରଂଜନ ବେହେରା, ଉମାକାନ୍ତ ପ୍ରଧାନ, ବଂଶୀଧର ସେଠ, ଭୋଜରାଜ ବରିହା, ଉମେଶ ଗୁପ୍ତା ଓ ଦିବାକର ଭୋଇ ଥିଲେ । କାର୍ଯ୍ୟକ୍ରମରେ ନରେନ୍ଦ୍ର ଭୋଇ ଧନ୍ୟବାଦ ଜଣାଇଥିଲେ

## ୩୦ ବର୍ଷର ଫଳପୁରର ଜଙ୍ଗଲ ଜମି ଏବେ ବ୍ୟକ୍ତିଗତଙ୍କ ନାଁରେ : ଆନ୍ଦୋଳନ ପାଇଁ ୫ ପଂଚାୟତବାସୀ ଏକଜୁଟ

ଭଦ୍ରକ, (ପିଏନ)- ଭଦ୍ରକ ଜିଲା ଧାମନଗର ତହସିଲ ଅଧିନରେ ଥିବା ବିଭିନ୍ନ ଗୋଚର, ଅନାବାଦୀ ଓ ଜଙ୍ଗଲ ଜମିକୁ କେତେକ ଜମି ଦଲାରୀ ଚଂଚକତା କରି ନିଜ ନାମରେ କରି ନେଇଥିବା ଅଭିଯୋଗ ହୋଇଛି । ଏପରିକି ଉକ୍ତ ଜମିରେ ସଂପୃକ୍ତ ଦଲାରୀମାନେ ପକ୍କାଘର ସହିତ ଜବରଦଖଲ କରିବାରେ ସକ୍ଷମ ହୋଇଛନ୍ତି । ଏନେଇ ବିଭିନ୍ନ ମହଲରୁ ବାରମ୍ବାର ଅଭିଯୋଗ ସତ୍ତ୍ୱେ ବି ସେମାନଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ହେଉନଥିବା ଅଭିଯୋଗ ହୋଇଛି । ଏହାକୁ ନେଇ ଅଂଚଳବାସୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି । ପ୍ରକାଶ ଥାଉକି ଧାମନଗର ତହସିଲ ଅନ୍ତର୍ଗତ ଭଙ୍ଗସାହି ପଂଚାୟତ ଫଳପୁର ମୌଜାର ତଫସିଲ ଗ୍ରାମ୍ୟ ଜଙ୍ଗଲ ବୃତିକୁ ଚଂଚକତା କରି ଧୁଷୁରୀ ଅଂଚଳର ଜନୈକ ବ୍ୟକ୍ତି ନିଜ ନାମରେ ପଟ୍ଟା କରିନେଇଥିବା ଜଣାଯାଇଛି । ଅଭିଯୋଗରୁ ଜଣାଯାଇଛି ଯେ, ଜମିଦାରୀ ସମୟରେ ସୁଶିଳାବାଲା ଦାସୀ ନାମରେ ଉକ୍ତ ତଫସିଲ ରେକର୍ଡ ଦରଜ ଥିଲା । ସାବକରେ ଏହାର ଖାତା ନଂ- ୧୩୫ ଅବଂ ପ୍ଲଟ ନଂ-୧୫୬୦ ଓ ୧୫୬୧, ରକବା ୨ଏକର ୧୧ ଡିସିମିଲ ଥିଲା । ତତ୍‌ପରେ ଉକ୍ତ ତଫସିଲ ହାଲ ବନ୍ଦୋବସ୍ତରେ ରାଧାକାନ୍ତ ବୋଷ ପିତା-ରାମକୃଷ୍ଣ ବୋଷ, ବାସସ୍ଥାନ-କୋଠାରରେ ରେକର୍ଡ ଦରଜ ଥାଇ ପୁନର୍ବାର ରାଧାକାନ୍ତ ବୋଷଙ୍କ ଦୁଇ କନ୍ୟା ରାଜେଶ୍ୱରୀ ଦେ ଓ ତନୁଶ୍ରୀ ମିତ୍ରଙ୍କ ନାମରେ ରେକର୍ଡ ହୋଇଥିଲେ ହେଁ ପ୍ରକୃତପକ୍ଷେ ସେମାନେ କେହିଁ ଏହି ଜଙ୍ଗଲ ଜମିରେ ଦଖଲଦାରୀ ନଥିଲେ । ପରବର୍ତୀ ସମୟରେ ଧୁଷୁରୀ ଅଂଚଳର ଜନୈକ ବ୍ୟକ୍ତି ସେମାନଙ୍କ ଠାରୁ ଚଂଚକତା କରି ଉକ୍ତ ଜଙ୍ଗଲ ଜମିକୁ ନିଜ ନାମରେ କରି ପଟ୍ଟା ପାଇବାରେ ସକ୍ଷମ ହୋଇଛନ୍ତି । ଏହି ଚଂଚକତା ଘଟଣା ଜଣାପଡିବା ପରେ ଆଖପାଖ ଅଂଚଳର ଭଙ୍ଗସାହି ସମେତ ନଦୀଗାଁ, ଦଳାଙ୍ଗ, ଅର୍ଜୁନପୁର ଓ ବୟାଙ୍ଗଡିହ ଆଦି ପଂଚାୟତର ଶହଶହ ଜନସାଧାରଣଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି । ଉକ୍ତ ଗ୍ରାମ୍ୟ ଜଙ୍ଗଲରେ ପାରିପାର୍ଶ୍ୱରେ ଅରଳେଶ୍ୱର ମହାଦେବ ମନ୍ଦିର, ଶନିଦେବଙ୍କ ମନ୍ଦିର, କଣ୍ଡିଆଶୁଣି ଏବଂ ପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ଅସ୍ଥାନ ରହିଛି । ମଧ୍ୟଭାଗରେ ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡକ ରାସ୍ତା ଏବଂ ଜଙ୍ଗଲର ଚତୁପାର୍ଶ୍ୱରେ କଣ୍ଡିଆ ଓ ଗେଙ୍ଗୁଟି ନଦୀ ଥିବାରୁ ପରିବେଷକୁ ସୁନ୍ଦର କରିଛି । ଏନେଇ ଉକ୍ତ ୫ଟି ପଂଚାୟତର ଶତାଧିକ ଜନସାଧାରଣ ଏହି ଗ୍ରାମ୍ୟ ଜଙ୍ଗଲ ପରିସରରେ ଥିବା କଣ୍ଡିଆଶୁଣୀ ପୀଠରେ ଏକତ୍ରିତ ହୋଇ ପରବର୍ତୀ କାର୍ଯ୍ୟପନ୍ଥା ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ୩୦ ବର୍ଷ ଧରି ସରକାରଙ୍କ ଏହି ସ୍ଥାନ ଗ୍ରାମ୍ୟ ଜଙ୍ଗଲର ମାନ୍ୟତା ପାଇଥିଲା ବେଳେ କିପରି ଭାବେ ଏହି ଜମିକୁ ସଂପୃକ୍ତ ବ୍ୟକ୍ତିଙ୍କ ନାମରେ ରେକର୍ଡଭୂକ୍ତ କରାଗଲା । ଏହି ର୍‍ୟାକେଡ ପଛରେ କେଉଁ ସରକାରୀ ଅଧିକାରୀଙ୍କ ହାତ ଅଛି ତାହାକୁ ତୁରନ୍ତ ବାହାର କରିବା ସହିତ ଜଙ୍ଗଲ ଜମିକୁ ସୁରକ୍ଷା ଦେବା ପାଇଁ ଏକ ପ୍ରତିନିଧି ଦଳ ଆଗାମୀ ଦିନରେ ଭଦ୍ରକ ଜିଲାପାଳଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିବାକୁ ସ୍ଥିର କରାଯାଇଛି । ଏଥିସହ ଧାମନଗର ତହସିଲଦାରଙ୍କ ସମେତ ମୁଖ୍ୟମନ୍ତ୍ରୀ, ଆରଡିସି, ରାଜସ୍ୱ ଓ ଜଙ୍ଗଲ ବିଭାଗର ମନ୍ତ୍ରୀ, ସାଂସଦ, ସ୍ଥାନୀୟ ବିଧାୟକ ଓ ପଂଚାୟତ ସମିତି ଅଧକ୍ଷଙ୍କୁ ଏକ ଲିଖିତ ଅଭିଯୋଗ ପତ୍ର ପ୍ରଦାନ କରାଯିବା ପାଇଁ ନିଷ୍ପତି ହୋଇଛି । ଏହି ବୈଠକରେ ସମାଜସେବୀ ମଧୁସୂଦନ ମହାନ୍ତିଙ୍କ ସଭାପତିତ୍ୱରେ ନାରାୟଣ ଚନ୍ଦ୍ର ନାୟ, ସଂଜୟ କୁମାର ମହାପାତ୍ର, ଉମେଶ ଚନ୍ଦ୍ର ମହାନ୍ତି, ସମିତିସଭ୍ୟ ବିରଜା ପ୍ରସନ୍ନ ରାଉତ, ବିଶ୍ୱଜିତ ପତି, ସଂଜିବ କୁମାର ସାହୁ, ଦୁଃଶାସନ ପଣ୍ଡା, ପ୍ରମୋଦ କୁମାର ମହାନ୍ତି, ମନୋଜ କୁମାର ମହାନ୍ତି, ଗୋଲେଖ ଚନ୍ଦ୍ର ମହାନ୍ତି, ହରେକୃଷ୍ଣ ମହାଳିକ, ଆନନ୍ଦଚନ୍ଦ୍ର ମହାପାତ୍ର, ବାବାଜୀ ଚରଣ ନାୟକ, ପ୍ରଦୀପ ମହାପାତ୍ର, ସନ୍ଦିପ ମହାନ୍ତି, ଜନ୍ମଜୟ ପତି, ବୁଲୁ ପଣ୍ଡା, ଉପେନ୍ଦ୍ର ମହାପାତ୍ର, ରାମଚନ୍ଦ୍ର ସାହୁ, ପ୍ରଦୀପ ନାୟକ, ଦିପ୍ତି ମହାପାତ୍ର, କ୍ଷେତ୍ରବାସୀ ବାରିକ, ହରେକୃଷ୍ଣ ପ୍ରଧାନ, ପ୍ରତାପ ଜେନାଙ୍କ ସମେତ ଶତାଧିକ ଜନସାଧାରଣ ଉପସ୍ଥିତ ରହି ଆଲୋଚନାରେ ଅଂଶ ଗ୍ରହଣ କରିଥିଲେ । ଉପରୋକ୍ତ କାର୍ଯ୍ୟକୁ ପରିଚାଳନା ପାଇଁ ଏକ କମିଟି ଗଠନ କରାଯାଇଛି ।

## ଖଟିଖିଆଙ୍କୁ ମାଗଣା ଖାଦ୍ୟ, ୬ ମାସ ପାଇଁ ପ୍ରତି ପରିବାରକୁ ଆର୍ଥିକ ସହାୟତା ଦାବିରେ ସିପିଆଇଏମ୍‌ର ବିକ୍ଷୋଭ

ଭଦ୍ରକ, (ପିଏନ)- ସିପିଆଇଏମ୍ ପଲିଟି ବ୍ୟୁରୋ ଡାକରାରେ ସାରା ଦେଶରେ ଗତ ୧୭ ତାରିଖ ଠାରୁ ମୋଦି ସରକାର ବିରୋଧୀ ଆନ୍ଦୋଳନ ଜାରି ରହିଛି । ଏହି ପରିପ୍ରେକ୍ଷୀରେ ବିଭିନ୍ନ ଦାବି ନେଇ ସିପିଆଇଏମ ଭଦ୍ରକ ଜିଲ୍ଲା କମିଟି ପକ୍ଷରୁ ସ୍ଥାନୀୟ ବନ୍ତ ଛକଠାରେ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି । ସମଗ୍ର ବିଶ୍ୱ କରୋନା ମହାମାରୀ କବଳରେ ରହିଛି । ଭାରତ ବର୍ଷ ମଧ ଏଥିରୁ ବାଦ୍ ପଡିନାହିଁ । ଦେଶବାସୀଙ୍କ ଜୀବନ ଓ ଜୀବିକା ସଂକଟମୟ ସ୍ଥିତି ମଧରେ ଗତି କରୁଛି । ଏଭଳି ସମୟରେ କେନ୍ଦ୍ରର ମୋଦି ସରକାର ସଂସଦରେ ଏ ବିଷୟ ଆଲୋଚନା ନ କରି କୃଷିଜାତ ଦ୍ରବ୍ୟ ଡାଲି, ଧାନ, ଆଳୁ, ପିଆଜକୁ ୩ଟି ଅଧାଦେଶ ଜରିଆରେ କର୍ପୋରେଟ କମ୍ପାନୀ ହାତକୁ ଟେକି ଦେଇଛି । ସମସ୍ତ ରାଷ୍ଟ୍ରାୟ ଶିଳ୍ପ ଯଥା ରେଳବାଇ, ବିମାନ ସେବା, ବ୍ୟାଙ୍କ, ଡାକ, ବୀମା, ଖଣିକୁ ଶାଗମାଛ ଦରରେ ଆଦାନୀ, ଅମ୍ବାନୀ ତଥା ବିଦେଶୀ କର୍ପୋରେଟ କମ୍ପାନୀକୁ ଟେକି ଦିଆଯାଉଛି ବୋଲି ବିକ୍ଷୋଭ ଅବସରରେ ଆରୋପ କରାଯାଇଛି । ଦେଶରେ ପେଟ୍ରୋଲ, ଡିଜେଲର ଦରବୃଦ୍ଧିକୁ ନିୟନ୍ତ୍ରଣ କରିବା, ଅତ୍ୟାବଶ୍ୟକ ସାମଗ୍ରୀର ମୂଲ୍ୟରେ ସ୍ଥିରତା ଆଣିବା, କରୋନା ମହାମରୀ ଜନିତ ଗରିବ ଖଟିଖିଆ ରିକ୍‌ସା ଚାଳକ, ନିର୍ମାଣ ଶ୍ରମିକ, ପରିବହନ ଶ୍ରମିକ, ବନ୍ଦର ଶ୍ରମିକ, ଟ୍ରଲି ଚାଳକ ଭଳି ପରିବାରକୁ ମାଗଣା ଖାଦ୍ୟ ଯୋଗାଣ ଓ ପ୍ରତି ପରିବାରକୁ ୬ ମାସ ପାଇଁ ମାସିକ ୭୫୦୦ ଟଙ୍କା ଆର୍ଥିକ ସହାୟତା ଯୋଗାଇବାକୁ ବିକ୍ଷୋଭ ସଭାରେ ଦାବି କରାଯାଇଛି ।

## କାରଖାନା ବନ୍ଦ ପାଇଁ ଚକ୍ରାନ୍ତ, ବଢୁଛି ଅସନ୍ତୋଷ

କେନ୍ଦୁଝର, (ପିଏନ): କେନ୍ଦୁଝର ଜିଲ୍ଲାରେ ଖଣିଜ ସଂପଦର ସଦୁପଯୋଗ କରିବା ପାଇଁ ଶିଳ୍ପ ପ୍ରତିଷ୍ଠା ଜରୁରୀ ହୋଇପଡିଛି । ବହୁ କମ୍ପାନୀ ଶିଳ୍ପ ନକରି ଖଣିଜ ପଥର ଚାଲାଣ କରି ଲାଭବାନ ହେଉଥିବାବେଳେ କେତେକ କମ୍ପାନୀ ଖଣିଜ ପଥର ସଦୁପଯୋଗ କରିବା ସହ ଜିଲ୍ଲାର ବିକାଶ ଓ ସ୍ଥାନୀୟ ଅ ଳର ବେକାର ଯୁବକ ଯୁବତୀଙ୍କ ନିଯୁକ୍ତିକୁ ଆଖି ଆଗରେ ରଖି ଶିଳ୍ପ ପ୍ରତିଷ୍ଠା କରିଛନ୍ତି । ତେବେ କେତେକ ମୂଷ୍ଟିମେୟ ନ୍ୟସ୍ତସ୍ୱାର୍ଥ ବ୍ୟକ୍ତି ନିଜର ଫାଇଦା ପାଇଁ ସ୍ଥାନୀୟ ସରଳ ଗରୀବ ଲୋକଙ୍କୁ ମତାଇ ଉକ୍ତ ଶିଳ୍ପ ବନ୍ଦ ପାଇଁ ଚକ୍ରାନ୍ତ ଚଳାଇ ଆସୁଥିବାରୁ ଅସନ୍ତୋଷ ବଢିବାରେ ଲାଗିଛି । ଏଭଳି ଘଟଣା ବାଂଶପାଳ ବ୍ଲକ ଅଁରା ଗ୍ରାମରେ ପ୍ରତିଷ୍ଠିତ ହୋଇଥିବା ଶ୍ରୀ ମେଟାଲିକ୍ସ କାରଖାନାକୁ ବନ୍ଦ କରିବା ପାଇଁ ଷଡଯନ୍ତ୍ର କରାଯାଉଥିବା ନେଇ ସ୍ଥାନୀୟ ଲୋକ କେନ୍ଦୁଝର ଜିଲ୍ଲାପାଳଙ୍କଠାରେ ମଙ୍ଗଳବାର ଦିନ ଅଭିଯୋଗ କରିଛନ୍ତି । ଏହି କାରଖାନା ଆଦିବାସୀ ଅଧ୍ୟୁଷିତ ଅ ଳରେ ନିଯୁକ୍ତି ସୁଯୋଗ ସୃଷ୍ଟି କରିବା ପାଇଁ ୨୦୧୦ ମସିହାରେ ପ୍ରତିଷ୍ଠା ହୋଇ କାର୍ଯ୍ୟକ୍ଷମ ହୋଇଥିଲା । ଏହାଦ୍ୱାରା କାମ ଆଶାରେ ଜମି ଦେଇଥିବା ଶତାଧିକ ପରିବାର ପ୍ରତ୍ୟକ୍ଷ ଓ ପରୋକ୍ଷ ଭାବେ ଉପର ରାଇଗୋଡା ପ ାୟତ ସମେତ ମଳଦା,ଫୁଲଝରେ,କୁମୁଣ୍ଡି,ଶୁଆକାଟୀ,ବାଂଶପାଳ ଆଦି ପ ାୟତର ବହୁ ବେକାର ଯୁବକ ଉପକୃତ ହୋଇ ଆସୁଥିଲେ । ତେବେ କେତେକ କୁଚକ୍ରୀ ଗୋଷ୍ଠୀଙ୍କ ଚକ୍ରାନ୍ତରେ ୨୦୧୪ ମସିହାରେ କାରଖାନା ବନ୍ଦ ହୋଇଯାଇଥିଲା । ଉକ୍ତ ସମୟରେ ସ୍ଥାନୀୟ ଲୋକେ କାମଧନ୍ଦା ହରାଇ ଆର୍ଥିକ ଦୁର୍ଦ୍ଦଶାର ସମ୍ମୁଖୀନ ହୋଇଥିଲେ । କାରଖାନା ପାଇଁ ଜମି ଦେଇଥିବା ଲୋକମାନେ ବାଧ୍ୟ ହୋଇ ଭିଟାମାଟି ଛାଡି କାମଧନ୍ଦା ପାଇଁ ବାହାରକୁ ପଳାଇବାକୁ ବାଧ୍ୟ ହୋଇଥିଲେ । ପରେ ଜମିହରା ଲୋକଙ୍କ ଅନୁରୋଧ ଓ ଅନୁକୁଳ ପରିବେଶ ସୃଷ୍ଟି ହେବା ପରେ ୨୦୧୭ ରେ ପୁନଃ ସ୍ଥାନୀୟ ଲୋକଙ୍କ ସହଯୋଗରେ କାରଖାନା ଚାଲୁ ହୋଇଥିଲା । ଏବେ କେତେକ ନ୍ୟସ୍ତ ସ୍ୱାର୍ଥବାଦୀ ଲୋକ ନିଜର ଫାଇଦା ପାଇଁ ଗରୀବ ଓ ନିରୀହ ଆଦିବାସୀଙ୍କୁ ପ୍ରଲୋଭିତ କରି କାରଖାନାରେ ବିଶୃଙ୍ଖଳା ସୃଷ୍ଟି କରି ବନ୍ଦ କରିବା ପାଇଁ ଉଦ୍ୟମ ଚଳାଇଛନ୍ତି । ଅନେକ ସମୟରେ ମିଥ୍ୟା ଓ ଭି ିହୀନ ଅଭିଯୋଗ କରି କାରଖାନା କ ୃପକ୍ଷଙ୍କୁ ବିବାଦ ଘେରକୁ ଟାଣି ନେବାକୁ ଚେଷ୍ଟା କରିବା ସହ ଉ ଜନା ପରିସ୍ଥିତି ସୃଷ୍ଟି କରୁଛନ୍ତି । ସେମାନେ ଗରୀବ ଲୋକଙ୍କୁ ପ୍ରଲୋଭିତ କରି କିମ୍ବା ଧମକଚମକ ଦେଇ କାରଖାନାରେ କାମ କରିବାକୁ ବାରଣ କରୁଛନ୍ତି । ସେମାନଙ୍କୁ ହାତବାରିସି କରି ହିଂସାତ୍ମକ ଆନ୍ଦୋଳନ କରିବା ସହ ଅରାଜକତା ସୃଷ୍ଟି କରି ଶ୍ରୀ ମେଟାଲିକ୍ସ ପ୍ଲା କୁ ବନ୍ଦ କରିବାକୁ ଉଦ୍ୟମ ଚଳାଇଛନ୍ତି । କାରଖାନା ବନ୍ଦ ହେଲେ ଶହ ଶହ ଜମିହରା ଗ୍ରାମବାସୀ ଏବଂ କାରଖାନା ଉପରେ ନିର୍ଭରଶୀଳ ସ୍ଥାନୀୟ ଅ ଳର ଅଧିବାସୀ ଜୀବନଜୀବିକା ହରାଇବେ ଓ କରୋନା ମହାମାରୀ ସମୟରେ କାମଧନ୍ଦା ହରାଇ ସେମାନଙ୍କର ଆର୍ଥିକ ସ୍ଥିତି ଦୋହଲିଯିବ । ଏଣୁ ଏଥିରେ ଜିଲ୍ଲା ପ୍ରଶାସନ ହସ୍ତକ୍ଷେପ କରି କୁଚକ୍ରୀ ଷଡଯନ୍ତ୍ରକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି କାରଖାନାକୁ ଶାନ୍ତିପୂର୍ଣ୍ଣ ଭାବରେ ପରିଚାଳନା କରିବାକୁ ଅଁରା ଗ୍ରାମବାସୀ ଓ ଶ୍ରୀ ରାଧାକୃଷ୍ଣ ଗ୍ରାମ କମିଟି ତରଫରୁ ଅନୁରୋଧ କରାଯାଇଛି । ଏହାର ଏକକିତା ନକଲ ମୁଖ୍ୟ ଶାସନ ସଚିବଙ୍କୁ ପ୍ରଦାନ କରିବା ସହ କେନ୍ଦୁଝର ଉପଜିଲ୍ଲାପାଳ,ସଦର ଏସ୍‌ଡିପିଓ, ବାଂଶପାଳ ତହସିଲଦାର, ନୟାକୋଟ ଥାନା ଅଧିକାରୀଙ୍କୁ ପ୍ରଦାନ କରିଛନ୍ତି ।

## ଭୁବନ ବିଜେପି ତରଫରୁ ସେବା ସପ୍ତାହ ଉଦଯାପିତ

ଭୁବନ, (ପିଏନ)- ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ୭୦ ତମ ଜନ୍ମଜୟନ୍ତୀ ଅବସରରେ ଭୁବନ ବିଜେପି ତରଫରୁ ଅନୁଷ୍ଠିତ ସେବା ସପ୍ତାହ କାର୍ଯ୍ୟକ୍ରମ ଉଦଯାପିତ ହୋଇଯାଇଛି । ବୃକ୍ଷରୋପଣ,ଦିବ୍ୟାଙ୍ଗଙ୍କୁ ଉପକରଣ ବଣ୍ଟନ,ଡାକ୍ତରଖାନାରେ ରୋଗୀଙ୍କୁ ଫଳ ବଣ୍ଟନ,ରକ୍ତଦାନ ଶିବିର ଏବଂ ଅନ୍ତିମ ଦିବସରେ ଗତକାଲି ପ୍ରସିଦ୍ଧ ଶୈବପୀଠ ବାବା ବୁଦ୍ଧେଶ୍ୱରଙ୍କ ମନ୍ଦିର ପରିସରରେ ସ୍ୱଚ୍ଛଭାରତ କାର୍ଯ୍ୟକ୍ରମ କରାଯାଇ ସେବା ସପ୍ତାହ ଉଦଯାପିତ ହୋଇଥିଲା । ଭୁବନ ନଗରମଣ୍ଡଳ ସଭାପତି ଭବାନୀ ଶଙ୍କର ବେହେରା ଙ୍କ ନେତୃତ୍ୱରେ ଆୟୋଜିତ ସମସ୍ତ କାର୍ଯ୍ୟକ୍ରମରେ କାମାକ୍ଷାନଗର ବିଧାୟକ ପ୍ରାର୍ଥୀ ତଥା ବରିଷ୍ଠ ବିଜେପି ନେତା ଶତୃଘ୍ନ ଜେନା ମୁଖ୍ୟ ଅତିଥି ଭାବେ ଯୋଗଦେଇଥିଲେ । ମଣ୍ଡଳ ସାଧାରଣ ସଂପାଦକ ସୁରେନ୍ଦ୍ର କୁମାର ପୃଷ୍ଟି, ଯୁବମୋର୍ଚ୍ଚା ସଭାପତି ନିର୍ମଳ ଗୁରୁ, ପୂର୍ବତନ କାନସିଲର ମାୟାଧର ଗୁରୁ,ପବିତ୍ର ସାହୁ,ଗଣେଶ୍ୱର ନାୟକ,ସୁଶାନ୍ତ ନାୟକ,ସନ୍ତୋଷ ରାଉଳ,ନିରଂଜନ ଗୁରୁ, ମଳୟ ତ୍ରିପାଠୀ,ଜଗବନ୍ଧୁ ଗୁରୁ,ଅଜିତ ସାହୁ,ସଂଜୟ ଗୁରୁ,ନାରୀନେତ୍ରୀ ସରୋଜିନୀ ରଣା,ଅମ୍ବିକା ବେଜ,ସୁକାନ୍ତି ବେହେରା ପ୍ରମୁଖ ଯୋଗଦେଇ କାର୍ଯ୍ୟକ୍ରମକୁ ସଫଳ କରିଥିଲେ । ଅନୁରୂପ ଭାବେ ଭୁବନ ବ୍ଲକର ମହୁଲପାଳ ମଣ୍ଡଳ ସଭାପତି ଚୈତନ୍ୟ ବେହେରା,ମୃଦଙ୍ଗା ସରପଂଚ ଅଶୋକ ଦତ,ମହୁଲପାଳ ସରପଂଚ ମମତା ସାହୁ,ଗଗନ ବିହାରୀ ସାହୁ ଏବଂ ବାରଆଁ ମଣ୍ଡଳ ତରଫରୁ ସଭାପତି ସଂଜୟ ଦାସ ଙ୍କ ନେତୃତ୍ୱରେ ରସାନନ୍ଦ ମହାପାତ୍ର, ଜିଲ୍ଲା ସାଧାରଣ ସଂପାଦକ ପ୍ରେମାନନ୍ଦ ଜେନା ଙ୍କ ସହଯୋଗରେ ସେବା ସପ୍ତାହ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା ।


MAHARISHI PUBLIC SCHOOL



2024-2025

ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2024

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservation as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

